୨୬ ବର୍ଷରେ

# ପର୍ଯ୍ୟବେକ୍ଷକ

PARYABEKHYAK
पर्यवेक्षक

Vol.26 . No.79 Bhubaneswar Wednesday May 01 2024 ୨୬ତମ ବର୍ଷ ସଂଖ୍ୟା–୭୯ ଭୁବନେଶ୍ୱର, ବୁଧବାର, ମଇ ୦୧, ୨୦୨୪ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹ 1.50 (Air Surcharge - 0.50P) Member-INS

## ପୃଥିବୀର ୧୦ ଉତ୍ତପ୍ତ ସ୍ଥାନ ଭିତରେ ଓଡିଶାର ୩ ସହର



ଭୁବନେଶ୍ୱର,୩୦।୪(ପି.ଏନ): ପୃଥିବୀର ୧୦ ଉତ୍ତପ୍ତ ସହର ଭିତରେ ଓଡିଶାର ୩ ସହର ରହିଛି। ବାରିପଦା ଦ୍ୱିତୀୟ ସ୍ଥାନରେ ଥିବା ବେଳେ ବାଲେଶ୍ୱର ତୃତୀୟ ଓ ରାଜଧାନୀ ଭୁବନେଶ୍ୱର ଦଶମ ସ୍ଥାନରେ ରହିଛି। ସୋଶାଲ୍ ମିଡିଆ ଢ ଏନେଇ ସୂଚନା ଦେଇଛନ୍ତି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ରର ବୈଜ୍ଞାନିକ ଉମାଶଙ୍କର ଦାସ।ପୃଥିବୀର ସବୁଠାରୁ ଉତ୍ତପ୍ତ ସହର ପାଲଟିଛି ଓମାନ୍?ର ଜୋବା। ଆଜି ଏଠାରେ ତାପମାତ୍ରା ୪୯.୨ ଡିଗ୍ରୀ ରେକର୍ଡ କରାଯାଇଛି। ତା' ତଳକୁ ରହିଛି ଓଡିଶାର ବାରିପଦା। ଏଠାରେ ୪୬.୪ ଡିଗ୍ରୀ ରେକର୍ଡ କରାଯାଇଛି। ତୃତୀୟ ସ୍ଥାନରେ ରହିଛି ବାଲେଶ୍ୱର। ଏଠାରେ ତାପମାତ୍ରା ୪୬.୦ ଡିଗ୍ରୀ ରେକର୍ଡ କରାଯାଇଛି। ଚତୁର୍ଥ ସ୍ଥାନରେ ରହିଛି ଆଫ୍ରିକାର ନଦ୍‌ଜାମେନା। ଏଠାରେ ତାମପାତ୍ରା ୪୬.୦ ଡିଗ୍ରୀ ରେକର୍ଡ କରାଯାଇଛି। ପଞ୍ଚମ ସ୍ଥାନରେ ମିଆଁମାରର ଚୌକ। ଆଜି ଏଠାରେ ତାପମାତ୍ରା ୪୫.୮ ଡିଗ୍ରୀ ରେକର୍ଡ କରାଯାଇଛି। ଷଷ୍ଠରେ ରହିଛି ନାଇଜର ବିଲମା। ଏଠାରେ ତାପମାତ୍ରା ୪୫.୫ ଡିଗ୍ରୀ ରେକର୍ଡ କରାଯାଇଛି।

## ନାମାଙ୍କନ ଭରିଲେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ



ଭୁବନେଶ୍ୱର,୩୦।୪(ପି.ଏନ): ପ୍ରାର୍ଥୀପତ୍ର ଦାଖଲ କଲେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ। ହିଞ୍ଜିଳି ବିଧାନସଭା ଆସନରୁ ପ୍ରାର୍ଥୀପତ୍ର ଦାଖଲ କଲେ ନବୀନ। ନାମାଙ୍କନ ପୂର୍ବରୁ ମା' ତାରାତାରିଣୀଙ୍କ ମନ୍ଦିରରେ କଲେ ପୂଜାର୍ଚ୍ଚନା। ଛତ୍ରପୁର ଉପଜିଲ୍ଲାପାଳଙ୍କ ଅଫିସରେ ପହଞ୍ଚି ଆଜି ନାମାଙ୍କନ ପତ୍ର ଦାଖଲ କରିଛନ୍ତି ମୁଖ୍ୟମନ୍ତ୍ରୀ।ହିଞ୍ଜିଳି ଆସନରୁ କ୍ରମାଗତ ଷଷ୍ଠ ଥର ଲାଗି ନବୀନ ନାମାଙ୍କନ ଦାଖଲ କରିଛନ୍ତି। ମୁଖ୍ୟମନ୍ତ୍ରୀଙ୍କ ସହ ବିଜେଡି ନେତା କାର୍ତ୍ତିକ ପାଣ୍ଡିଆନ ଓ ଅନ୍ୟମାନେ ଉପସ୍ଥିତ ଥିଲେ। ୨୦୦୦ ମସିହାରୁ ହିଞ୍ଜିଳିରୁ ବିଧାୟକ ରହି ଆସିଛନ୍ତି ନବୀନ। ୫ ଥର ସେ ହିଞ୍ଜିଳିରୁ ବିଧାୟକ ଭାବରେ ନିର୍ବାଚିତ ହୋଇଛନ୍ତି। ଏଥର ଷଷ୍ଠଥର ନିର୍ବାଚନ ଲଢୁଛନ୍ତି।

## ଆଳି ନିର୍ବାଚନ ମଣ୍ଡଳୀର କଂଗ୍ରେସ ବିଧାୟିକା ପ୍ରାର୍ଥୀନୀ ଦେବସ୍ମିତା ଶର୍ମାଙ୍କ ବିଜୟର ଟୀକା

ଦର୍ପଣ, ୩୦.୪ (ପିଏନ୍) :କେନ୍ଦ୍ରାପଡ଼ା ଜିଲ୍ଲା ଆଳି ନିର୍ବାଚନ ମଣ୍ଡଳୀର ଡ଼ାକ୍ତର ଦେବସ୍ମିତା ଶର୍ମା କଂଗ୍ରେସ ଦଳ ପକ୍ଷରୁ ପ୍ରାର୍ଥୀ ପତ୍ର ଦାଖଲ କରିଛନ୍ତି। ତାଙ୍କର ପିତା ଦେବେନ୍ଦ୍ର ଶର୍ମା ଅଳି ପଂଚାୟତ ସମିତିର ଅଧ୍ୟକ୍ଷ ହୋଇ ଆଳି ନିର୍ବାଚନ ମଣ୍ଡଳୀର ବିଧାୟକ ହୋଇ ସାଧାରଣ ଲୋକଙ୍କ ସେବାରେ ନିଜକୁ ନିୟୋଜିତ କରିଥିଲେ। ଡ଼ାକ୍ତର ଶର୍ମାଙ୍କ ଜେଜେ ଡ଼ାକ୍ତର ଦିବାକର ଶର୍ମା ମଧ୍ୟ ପୂର୍ବରୁ ବିଧାୟକ ହୋଇ ଆଳି ନିର୍ବାଚନ ମଣ୍ଡଳୀର ସାଧାରଣ ଲୋକଙ୍କ ସେବାରେ ନିଜକୁ ନିୟୋଜିତ କରି ରୋଗୀମାନଙ୍କର ସେବା ମଧ୍ୟ କରିବାରେ ପଶ୍ଚାତ୍‌ପଦ ହୋଇ ନଥିଲେ। ଡ଼ାକ୍ତର ଦେବସ୍ମିତା ଶର୍ମା ନିଜର ସରକାରୀ ଚାକିରୀ ଛାଡ଼ି ସେ ଆଜି ବିଧାୟିକା ହେବା ପାଇଁ ଯେଉଁ ପ୍ରଚେଷ୍ଟା ଜାରି ରଖିଛନ୍ତି ସେ ଲୋକମାନଙ୍କର ସେବା କରିବା ସହିତ ଆଳି ନିର୍ବାଚନ ମଣ୍ଡଳୀର ଉନ୍ନୟନମୂଳକ କାର୍ଯ୍ୟକରିବାପାଇଁ ବଦ୍ଧ ପରିକର ହୋଇଛନ୍ତି। ଡ଼ାକ୍ତର ଶର୍ମା ବିଭିନ୍ନ ପଂଚାୟତ ପରିଭ୍ରମଣ କରିବା ସମୟରେ ଗ୍ରାମର ସମସ୍ତ ପୁରୁଷ ଓ ମହିଳା ମାନଙ୍କୁ ରୋଗର ନିୟନ୍ତ୍ରଣ ପାଇଁ ରୋଗୀମାନଙ୍କ ଦେଖି ଚିଠା ମଧ୍ୟ ଲେଖିଦେଉଛନ୍ତି। ଆଳି ନିର୍ବାଚନ ମଣ୍ଡଳୀର ପ୍ରତାପ ଦେବ ବିଧାୟକ ହୋଇ ଆଳିରେ କୌଣସି ଉନ୍ନୟନମୂଳକ କାର୍ଯ୍ୟ କରିପାରିନାହାଁନ୍ତି। ରାଜା ରାଜୁଠାର ଶାସନକୁ ଆଗରେ ରଖି ଲୋକମାନଙ୍କୁ ସୁରକ୍ଷା ନଦେଇ ସବୁ ସମୟ ପାଇଁ ଆଇନଟିକୁ ତାଙ୍କ ଉପରେ ଜାହିର କରି ରଖିଛନ୍ତି ।ଯେ ଯଉଁଥିପାଇଁ ସାଧାରଣ ଲୋକମାନେ ବିତସ୍ଥୃତ ଅବସ୍ଥାରେ ଅଛନ୍ତି। ଆଳି ଓ ରାଜକନୀକା ର ସମସ୍ତ ଜନସାଧାରଣ ଯେଉଁ ଭଳି ଅବସ୍ଥାରେ ପଡ଼ି ରହିଛନ୍ତି ସେମାନଙ୍କୁ ସୁରକ୍ଷା ଦେବାପାଇଁ ଡ଼ାକ୍ତର ଦେବସ୍ମିତା ଶର୍ମା ଆଜି ବଦ୍ଧ ପରିକର ହୋଇ ନିର୍ବାଚନରେ ଲଢେଇ କରୁଛନ୍ତି। ପ୍ରକାଶ ଥାଉକି ଆସନ୍ତା ନିର୍ବାଚନରେ ସମସ୍ତ ଜନସାଧାରଣ ଏକଜୁଟ ହୋଇ ଜଣେ ଡ଼ାକ୍ତରଙ୍କୁ ବିଜୟର ଟୀକା ପିନ୍ଧାଇଲେ ସେ ଜନସାଧାରଣଙ୍କ ସେବାରେ ନିଜକୁ ନିୟୋଜିତ କରିବା ସହିତ ଆଳିରେ ବିକାଶର ଧାରାରେ ଆଗେଇନେଲେ ସେଠାରେ ଶୀଘ୍ରର ବିକାଶ ଘଟିବ, ସ୍ୱାସ୍ଥ୍ୟସେବା, ଶିକ୍ଷାର ପ୍ରଗତି ନିଶ୍ଚିତ ଭାବେ ହେବ ବୋଲି ଆଳିର ସାଧାରଣ ଲୋକଙ୍କ ଠାରୁ ପ୍ରକାଶ।

## ଘସିପୁରାରୁ ବିଜେପି ପ୍ରାର୍ଥୀ ହୋଇପାରନ୍ତି ସୌମ୍ୟରଞ୍ଜନ ପଟ୍ଟନାୟକ



ଭୁବନେଶ୍ୱର,୩୦।୪(ପି.ଏନ): ରାଜନୈତିକ ମହଲରେ ଚ଼ାଲିଥିବା କଳ୍ପନାଜଳ୍ପନାର ଅନ୍ତ ଘଟୁଛି। ସେହି ଚ଼ର୍ଚ୍ଚାକୁ ଆଜି ବଳ ଦେଇଛନ୍ତି ଖୋଦ୍ ସୌମ୍ୟରଞ୍ଜନ ପଟ୍ଟନାୟକ। କେନ୍ଦୁଝର ଜିଲ୍ଲା ଘସିପୁରା ବିଧାନସଭା ଆସନରୁ ଲ?ିପାରନ୍ତି ଖଣ୍ଡପଡା ବିଧାୟକ ସୌମ୍ୟରଞ୍ଜନ ପଟ୍ଟନାୟକ। ଆଜି ସେ ଏନେଇ ଇଙ୍ଗିତ କରିଛନ୍ତି। ଘଟଗାଁ ମା' ତାରିଣୀଙ୍କ ଦର୍ଶନ ଅବସରରେ ଗଣମାଧ୍ୟମକୁ ସେ ଏନେଇ ସୂଚ଼ନା ଦେଇଛନ୍ତି। ଗଣମାଧ୍ୟମକୁ ଶ୍ରୀ ପଟ୍ଟନାୟକ କହିଛନ୍ତି, ଏଠାରୁ ଲଢ଼ିବାକୁ ବିଜେପି ତରଫରୁ ପ୍ରସ୍ତାବ ଆସିଛି। ଏଠାକାର ସ୍ଥାନୀୟ ଲୋକ ମଧ୍ୟ ମୋ ଉପରେ ଲଢ଼ିବା ଚ଼ାପ ପକାଉଛନ୍ତି। ଏନେଇ ମୋତେ ସଦ୍‌ବୁଦ୍ଧି ଦେବାକୁ ମା'ଙ୍କ ଦର୍ଶନ କରିବାକୁ ଆସିଛି ବୋଲି ଶ୍ରୀ ପଟ୍ଟନାୟକ କହିଛନ୍ତି।

## ପ୍ରଥମ ଓ ଦ୍ୱିତୀୟ ପର୍ଯ୍ୟାୟରେ କେତେ ଥିଲା ଭୋଟିଂ ହାର ? ଚୂଡାନ୍ତ ତଥ୍ୟ ଦେଲେ ଇସିଆଇ



ଭୁବନେଶ୍ୱର,୩୦।୪(ପି.ଏନ):ଦେଶରେ ଦୁଇ ପର୍ଯ୍ୟାୟରେ ଲୋକସଭା ନିର୍ବାଚ଼ନ ପାଇଁ ଭୋଟିଂ ଶେଷ ହୋଇଛି। ଏପ୍ରିଲ ୧୯ ଓ ଏପ୍ରିଲ ୨୬ରେ ଲୋକମାନେ ମୋଟ ୧୯୦ ଆସନ ପାଇଁ ଭୋଟ ଦାନ କରିଛନ୍ତି।ମତଦାନ ଦିନ ବିଭିନ୍ନ ଗଣମାଧ୍ୟମ ଭୋଟିଂ ହାରକୁ ନେଇ ତଥ୍ୟ ପ୍ରକାଶ କରିଥିଲେ। ସେହିପରି ଭୋଟିଂ ସମୟ ପରେ ମଧ୍ୟ କିଛି ବୁଥରେ ପ୍ରବଳ ଭିଡ ଯୋଗୁ ମତଦାନ ସଂଗ୍ରହ କରାଯାଇଥିଲା। ତେଣୁ ଇସିଆଇ ସେସବୁ ତଥ୍ୟକୁ ହିସାବ କରି ପ୍ରଥମ ଓ ଦ୍ୱିତୀୟ ପର୍ଯ୍ୟାୟରେ କେତେ ପ୍ରତିଶତ ଭୋଟିଂ ହୋଇଥିଲା, ତା'ର ତଥ୍ୟ ସାର୍ବଜନୀନ କରିଛନ୍ତି।

## ଅତନୁଙ୍କୁ ଜବାବ ଦେଲା ବିଜେପି; ରେଳ ପ୍ରକଳ୍ପ ନେଇ ଦେଲା ପୂରା ହିସାବ






ଭୁବନେଶ୍ୱର,୩୦।୪(ପି.ଏନ): ମହାକାଳପଡା ବିଧାୟକ ଅତନୁ ସବ୍ୟସାଚ଼ୀ ନାୟକଙ୍କୁ ଜବାବ ଦେଇଛି କେନ୍ଦ୍ରାପଡା ଜିଲ୍ଲା ବିଜେପି। ଅତନୁ କହିଥିବା ମିଛ କଥାର ପର୍ଦ୍ଦାଫାସ୍ କରିଛି। ଆଉ ହରିଦାସପୁର-ପାରାଦୀପ ରେଳ ଲାଇନ୍‌ର ପୂରା ହିସାବ ଦେଇଛନ୍ତି ଜିଲ୍ଲା ବିଜେପି ସଭାପତି କିଶୋର ପଣ୍ଡା ଓ ଜିଲ୍ଲା ଉପସଭାପତି ସଞ୍ଜୟ ରଥ। ଉଭୟ କହିଛନ୍ତି, ବିଜେଡି ସରକାର କେବଳ ଭୁଆଁ ବୁଲାଉଛି। ଅତନୁ ସବ୍ୟସାଚ଼ୀ ନାୟକ ତା'ର ମଙ୍ଗୁଆଳ ସାଜିଛନ୍ତି। କେନ୍ଦ୍ରାପଡାରେ କିଶୋର ପଣ୍ଡା କହିଛନ୍ତି, ଅତନୁ ସବ୍ୟସାଚ଼ୀ ନାୟକ ୧୫ ବର୍ଷ ଧରି ମହାକାଳପଡାରୁ ବିଧାୟକ ଭାବେ ନିର୍ବାଚ଼ିତ ହୋଇଛନ୍ତି। ଅନେକ ଥର ମନ୍ତ୍ରୀ ମଧ୍ୟ ହୋଇଛନ୍ତି। ସମଗ୍ର ଓଡିଶାରେ ଯଦି ଅଧିକା ଘାଟ ଚ଼ାଲୁଥାଏ, ତାହାହେଲେ ସିଏ ହେଉଛି ମହାକାଳପଡା। ଆଜି ମଧ୍ୟ ଲୋକେ ନଦୀ ପାର ହେଉଛନ୍ତି। ଆଉ ଡଙ୍ଗାବୁଡି ଘଟଣା ଅନେକ ସ୍ଥାନରେ ଘଟୁଛି। ହଜାର ହଜାର ହେକ୍ଟର ଜମି ପାଣିରେ ଭାସୁଛି। ଆଜି ପର୍ଯ୍ୟନ୍ତ ଅନେକ ସ୍ଥାନରେ ବ୍ରିଜ୍ ନିର୍ମାଣ ହୋଇପାରି ନାହିଁ ବୋଲି ସେ କହିଛନ୍ତି।

## ସାମାଜିକ ସୁରକ୍ଷା ଓ ଦକ୍ଷତା ବିକାଶରେ ଓଡିଶା ସର୍ବାଗ୍ରେ ରହିଛି : ବିଜୁ ଶ୍ରମିକ ସାମ୍ମୁଖ୍ୟ

କେନ୍ଦ୍ରାପଡ଼ା,୩୦।୪(ପି.ଏନ): ଓଡିଶାର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ୫୦ ବର୍ଷ ମଧ୍ୟରେ ଏକ କାଳୀନ ଦୈନିକ ମଜୁରୀ ଏକଶହ ଟଙ୍କା ବୃଦ୍ଧିକରି ଇତିହାସ ରଚିଛନ୍ତି ବୋଲି ଆଜି କେନ୍ଦ୍ରାପଡା ସହରଉପକଣ୍ଠ ରେ ଥିବା ଏକ ହୋଟେଲରେ ଅନୁଷ୍ଠିତ ଏକ ସାମ୍ବାଦିକ ସମ୍ମିଳନୀରେ ଯୋଗଦେଇ ବିଜୁ ଶ୍ରମିକ ସାମୁଖ୍ୟର ମହାସଚିବ ତଥା କଟକ ମେୟର ସୁବାସ ସିଂ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ପ୍ରକାଶ କରିଛନ୍ତି। ମୁଖ୍ୟମନ୍ତ୍ରୀ ଓଡିଶାରେ ଦୈନିକ ମଜୁରୀ ୩୩୬ ଟଙ୍କାରୁ ୪୫୦ ଟଙ୍କା ପର୍ଯ୍ୟନ୍ତ ବୃଦ୍ଧିକରିବା ଦ୍ୱାରା ସରକାରୀ, ଅର୍ଦ୍ଧସରକାରୀ, ଶିଳ୍ପ ସଂସ୍ଥା, ଘରୋଇ କାର୍ଯ୍ୟ ଏବଂ ସବୁ ସ୍ତରରେ ପ୍ରାୟ ୧କୋଟି ଶ୍ରମିକ ଏହି ମଜୁରୀ ବୃଦ୍ଧିରେ ଉପକୃତ ହୋଇପାରିବେ। ବିଶେଷ କରି ମୁନ୍ସିପାଲଟିରେ କାର୍ଯ୍ୟରତ ଶ୍ରମିକ, ବିଦ୍ୟୁତ ବିଭାଗରେ କାର୍ଯ୍ୟରତ ଶ୍ରମିକ, ପରିବହନ ବିଭାଗରେ କାର୍ଯ୍ୟରତ ଶ୍ରମିକ, ବିଭିନ୍ନ କମ୍ପାନୀ ଓ ଘରୋଇ ସଂସ୍ଥାରେ କାର୍ଯ୍ୟରତ ଶ୍ରମିକ ଏହାଦ୍ୱାରା ଉପକୃତ ହେବେ ବୋଲି ଶ୍ରୀ ସିଂ କହିଥିଲେ। ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ "ନୂଆ ଓଡିଶା" ରାଜ୍ୟ ତମାମ ରୂପାନ୍ତିକରଣ, ଶିଳ୍ପ ବିକାଶ ଧାରାରେ ଶ୍ରମିକ ମାନଙ୍କର ଭୂମିକା ସବୁଠାରୁ ପ୍ରଶଂସନୀୟ ସେମାନଙ୍କ ମଜୁରୀ ଓ ସାମାଜିକ ସୁରକ୍ଷା ଯୋଗାଇବା ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ବୋଲି ଶ୍ରୀ ସିଂ ପ୍ରକାଶ କରିଥିଲେ। ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା "ମା" ମାନଙ୍କ ପାଇଁ ୧୦ ଲକ୍ଷ ଏବଂ ସଂପୂର୍ଣ୍ଣ ପରିବାର ପାଇଁ ୫ ଲକ୍ଷ ଟଙ୍କା, ଶ୍ରମିକ ଶ୍ରେଣୀର ଲୋକଙ୍କପାଇଁ ଏକ ବଡ ସୁରକ୍ଷା ପ୍ରଦାନ କରିପାରିଛି। ନିର୍ମାଣ ଶ୍ରମିକ କଲ୍ୟାଣ ଯୋଜନାରେ ସମଗ୍ର ରାଜ୍ୟରେ ଆଜି ସୁଧା ୪୨ ଲକ୍ଷ ୪୮ହଜାର ଶ୍ରମିକ ପଞ୍ଜିକୃତ ହୋଇଛନ୍ତି, ସେମାନଙ୍କୁ ବିଭିନ୍ନ ଯୋଜନାରେ ୩ ହଜାର ୫୨୪ କୋଟି ଟଙ୍କାର ସହାୟତା ପ୍ରଦାନ କରାଯାଇପାରିଛି। ଅଣସଂଗଠିତ ଶ୍ରମିକ କଲ୍ୟାଣ ବୋର୍ଡ ଗଠନ କରାଯାଇ ସବୁ ସ୍ତରରେ ଶ୍ରମିକ ଏପରିକି ଡୋମେଷ୍ଟିକ ଶ୍ରମିକ ପର୍ଯ୍ୟନ୍ତ ସାମାଜିକ ସୁରକ୍ଷା ପ୍ରଦାନ କରାଯାଇଛି।

## ଭୁବନେଶ୍ୱର ସହୀଦନଗର ଅଂଚଳରେ କଂଗ୍ରେସର ପ୍ରଚାର



ଭୁବନେଶ୍ୱର,୩୦।୪(ପି.ଏନ): ଆଜି ଭୁବନେଶ୍ୱର ସଂସଦୀୟ କ୍ଷେତ୍ରର ପ୍ରଚାର କମିଟି ଅଧ୍ୟକ୍ଷ ଶ୍ରୀ କିରଣ ସାହୁଙ୍କ ନେତୃତ୍ୱରେ ଭୁବନେଶ୍ୱର ସଂସଦୀୟ କ୍ଷେତ୍ରରେ ସାଂସଦ ପ୍ରାର୍ଥୀ ସୟଦ ୟାସିର ନଓ୍ୱାଜ ଏବଂ ଭୁବନେଶ୍ୱର ମଧ୍ୟ ନିର୍ବାଚନ ମଣ୍ଡଳୀର ବିଧାୟକ ପ୍ରାର୍ଥୀ ପ୍ରକାଶ ଚନ୍ଦ୍ର ଜେନା ଆଜି ଅପରାହ୍ନରେ ସହୀଦ ନଗର ଅଂଚଳର ମହର୍ଷି କଲେଜ ରୋଡ଼, ଭବାନୀ ମହଲ, ସହୀଦ ନଗର ହାଟ, ଦୁର୍ଗା ମଣ୍ଡପ, ରୂପାଲି ଛକ, ତେଲୁଗ ବସ୍ତି, ବିର୍ଷାମୁଣ୍ଡା ବସ୍ତି, ଶାଂପଲ୍ଲି ପ୍ରଭୃତି ସହୀଦନଗରର ସମସ୍ତ ବସ୍ତି ଅଂଚଳ ଏବଂ ବଜାର ବୁଲି ପ୍ରଚାର କରାଯାଇଥିଲା। ଉଭୟ ସାଂସଦ ପ୍ରାର୍ଥୀ ଓ ବିଧାନ ସଭା ପ୍ରାର୍ଥୀ କଂଗ୍ରେସର ଗ୍ୟାରେଂଟି ସମ୍ପର୍କରେ କହିବା ସହ ଲୋକଙ୍କୁ ଭୋଟ ଦେବାପାଇଁ ନିବେଦନ କରିଥିଲେ। ସରକାର ଆସିଲେ ସହୀଦ ନଗର ହାଟର ସ୍ଥାୟୀ ବ୍ୟବସ୍ଥା କରିବାପାଇଁ କହିଥିଲେ। ଏହି ପ୍ରଚାର କାର୍ଯ୍ୟକ୍ରମରେ ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ମନୋରନ ଦାଶ, ପିସିସି ସାଧାରଣ ସଂପାଦକ ପ୍ରକାଶ ମିଶ୍ର, ପ୍ରଦେଶ ଯୁବ କଂଗ୍ରେସ ସଭାପତି ରଣଜିତ ପାତ୍ର, ସୂର୍ଯ୍ୟକା' ଜେନା, ରଣଜିତ ସେନାପତି, ନିହାର ବେହେରା, ସାଗର ପଟ୍ଟନାୟକ, ରନ ଦାଶ, ଜୟକୃଷ୍ଣ ସୁବଦ୍ଧି, ଶ୍ରୀୟାସ୍ମିତା ପଣ୍ଡା, ଲିପିକା ପାତ୍ର, ଏମଡି ଶାହାଦୁଲ୍ଲା, ଧନେଶ୍ୱର ନାୟକ, ସେକ ତାକୁଇନ, ପ୍ରମୁଖ ଅଂଶଗ୍ରହଣ କରିଥିଲେ।

### ଛୁଟି ଘୋଷଣା

ଶ୍ରମିକ ଦିବସ ଉପଲକ୍ଷେ 'ପର୍ଯ୍ୟବେକ୍ଷକ' କାର୍ଯ୍ୟାଳୟ ମଇ ୧ ତାରିଖ ବନ୍ଦ ରହୁଥିବାରୁ ଏହାର ପରବର୍ତ୍ତୀ ସଂସ୍କରଣ ୩ ତାରିଖରେ ପ୍ରକାଶ ପାଇବ।

–ପ୍ରକାଶକ

## ଜଳୁଛି ଓଡିଶା: ୪୪ ଡିଗ୍ରି ଉପରେ ୧୫ ସହର, ସର୍ବକାଳୀନ ରେକର୍ଡ ଭାଙ୍ଗିଲା ବାରିପଦା

ଭୁବନେଶ୍ୱର,୩୦।୪(ପି.ଏନ): ସାରା ଓଡିଶା ପ୍ରବଳ ଖରାରେ ଜଳୁଛି। ଘରୁ ବାହାରିଲେ ତାତିର ସାମ୍ନା କରିବାକୁ ପଡୁଛି। ଆଜି ରାଜ୍ୟର ୧୫ଟି ସହରରେ ତାପମାତ୍ରା ୪୪ଡ଼ିଗ୍ରି କିମ୍ବା ତାଠାରୁ ଅଧିକ ରେକର୍ଡ ହୋଇଛି। ଚ଼ଳିତ ବର୍ଷ ରାଜ୍ୟରେ ସର୍ବାଧିକ ତାପମାତ୍ରା ଆଜି ରେକର୍ଡ ହୋଇଛି। ବାରିପଦାରେ ସର୍ବାଧିକ ୪୬.୪ ଡ଼ିଗ୍ରି, ବାଲେଶ୍ୱରରେ ୪୬ ଡ଼ିଗ୍ରି ଏବଂ ଭୁବନେଶ୍ୱରରେ ତାପମାତ୍ରା ୪୫.୪ ଡ଼ିଗ୍ରି ଛୁଇଁଛି। କେବଳ ସେତିକି ନୁହେଁ। ରାଜ୍ୟର ୨୯ଟି ସହରରେ ତାପମାତ୍ରା ୪୨ଡ଼ିଗ୍ରି କିମ୍ବା ତାଠାରୁ ଅଧିକ ରେକର୍ଡ କରାଯାଇଛି। ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ଏହି ସୂଚ଼ନା ଦିଆଯାଇଛି। ସୂଚ଼ନାଯୋଗ୍ୟ, ଚ଼ଳିତ ବର୍ଷ ରାଜ୍ୟରେ ପ୍ରଥମ ଥର ପାଇଁ ତାପମାତ୍ରା ୪୬.୪ଡ଼ିଗ୍ରି ରେକର୍ଡ ହୋଇଛି। ଏହା ହେଉଛି ଏପ୍ରିଲ ମାସର ସର୍ବୋଚ୍ଚ ଦିନ ତାପମାତ୍ରାର ସର୍ବକାଳୀନ ରେକର୍ଡ। ରାଜଧାନୀରେ ଚ଼ଳିତ ବର୍ଷ ପ୍ରଥମ ଥର ପାଇଁ ତାପମାତ୍ରା ୪୫ ଡ଼ିଗ୍ରି ଅତିକ୍ରମ କରିଛି। ପାଣିପାଗ ବିଭାଗ ପକ୍ଷରୁ କୁହାଯାଇଛି ଯେ, ଆହୁରି ୩ ଦିନ ଆକାଶରୁ ଅଗ୍ନିବର୍ଷା ହେବ। ରାଜ୍ୟରେ ଗ୍ରୀଷ୍ମପ୍ରବାହ ସହ ଗୁଳୁଗୁଳି ଜାରି ରହିବ। ଗ୍ରୀଷ୍ମ ପ୍ରବାହ ଯୋଗୁଁ ପାଣିପାଗ ବିଭାଗ ରାଜ୍ୟର ଅନେକ ଜିଲ୍ଲାକୁ ରେଡ ଆଲର୍ଟ ଜାରି କରିଛି। ସେପଟେ ଆଗାମୀ ୨୪ ଘଣ୍ଟା ପାଇଁ ସିଭିୟର ହିଟ ୱେଭ୍ ଜାରି କରିଛି ପାଣିପାଗ ବିଭାଗ। ଏନେଇ ପାଣିପାଗ ନିର୍ଦ୍ଦେଶିକା ମନୋରମା ମହାନ୍ତି ସୂଚ଼ନା ଦେଇଛନ୍ତି।










# ଟି ଟାଇମ୍

## ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଂଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚାଲିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।

## ମୋଗଲ ଯୁଗର ଘଣ୍ଟେୱାଲା ଦୋକାନ




ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟି କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ’ଣ ସେହି ଗଛ ନିଜେ ହିଁ ସେ ଅଂଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା’ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।



## ପୁରାଣ କାହାଣୀ

# ନାରୀଙ୍କ ସାତଟି ବିଶେଷ ଗୁଣ



ଭଗବାନ ତାଙ୍କ ସୃଷ୍ଟିର ସମସ୍ତ ଜୀବଙ୍କ ଭିତରେ, ଆତ୍ମା ରୂପରେ ସମାନ ଭାବରେ ପୂରି ରହି ସମସ୍ତଙ୍କୁ ସଂଚାଳିତ କରୁଥିଲେ ମଧ୍ୟ ଭିନ୍ନ ଭିନ୍ନ ଲୋକଙ୍କର ପୃଥକ୍ ପୃଥକ୍ କର୍ମ ସମ୍ପାଦନ ନିମିତ ଶକ୍ତିର ବିଭିନ୍ନତା ଦୃଷ୍ଟିରୁ ସେମାନଙ୍କ ଭିତରେ ଭଗବାନ୍‌ଙ୍କ ବିଭୂତିର ତାରତମ୍ୟ ଦେଖାଦେଇଥାଏ । ସେହି ଦୃଷ୍ଟିରୁ ପିଲାମାନଙ୍କୁ ଜନ୍ମ ଦେଇ ସେମାନଙ୍କର ଲାଳନପାଳନ କରିବା ସହିତ ଅନ୍ୟମାନଙ୍କ ପ୍ରତି ଅନୁକମ୍ପା ପ୍ରଦର୍ଶନ କରି ପରିବାର ଏବଂ ସମାଜରେ ମାଧୁର୍ଯ୍ୟର ଭାବ ସୃଷ୍ଟି କରିବା ଭଳି କର୍ତ୍ତବ୍ୟ ସମ୍ପାଦନ ପାଇଁ ଭଗବାନ୍ ତାଙ୍କ ବିଭୂତି ରୂପରେ ନାରୀମାନଙ୍କଠାରେ ସାତୋଟି ବିଶେଷ ଗୁଣ ରୂପରେ ପ୍ରକାଶ ହୋଇଛନ୍ତି । ସେହିଗୁଣଗୁଡ଼ିକ ହେଉଛି କୀର୍ତି, ଶ୍ରୀ, ବାକ୍, ସ୍ମୃତି, ମେଧା, ଧୃତି ଏବଂ କ୍ଷମା । ଭଗବାନ କୀର୍ତି ରୂପରେ ନାରୀମାନଙ୍କଠାରେ ପ୍ରକାଶିତ ହୋଇ ନାରୀଙ୍କର ପବିତ୍ରତା, ନିଷ୍କଳଙ୍କ ଚରିତ୍ର ଏବଂ ସଦାଚରଣର ଭାବକୁ ନେଇ ତାଙ୍କର ସୁଖ୍ୟାତି ପ୍ରକାଶ କରିଛନ୍ତି । ସେହି ଦୃଷ୍ଟିରୁ ନାରୀମାନେ ତାଙ୍କ ଉପରେ ନିର୍ଭରଶୀଳ ତାଙ୍କ ପରିବାରର ସମସ୍ତ କାମସବୁ ଠିକ୍ ସମୟରେ କରିଦେବା ଦରକାର । ଏହାଦ୍ୱାରା ପରିବାରବର୍ଗ ଆନନ୍ଦପ୍ରାପ୍ତ ହେବେ ଓ ପରିବାରରେ ଶାନ୍ତିର ବାତାବରଣ ସୃଷ୍ଟି ହେବ ।

ଭଗବାନ୍ ନାରୀମାନଙ୍କ ଶରୀରରେ ମେଧା ରୂପରେ ନିବାସ କରିଥାଆନ୍ତି । ଏହା ହେଉଛି ଧୀଶକ୍ତି ବା ଧାରଣ କରିବାର ଶକ୍ତି । ଏହି ଶକ୍ତିସମ୍ପନ୍ନ ବ୍ୟକ୍ତିକୁ ଯାହା ଥରେ ଶିଖାଇ ଦିଆଯାଏ ସେ ତାହା ସହଜରେ ମନେ ରଖିଥାଆନ୍ତି, ଏପରିକି କେତେକ ବିଷୟ ଜୀବନର ଶେଷ ପର୍ଯ୍ୟନ୍ତ ତାଙ୍କ ମନରେ ରହିଯାଇଥାଏ । ନାରୀମାନଙ୍କ ମେଧା ଦୃଷ୍ଟିରୁ ସେମାନେ ସମସ୍ତ କାମକୁ ଶୀଘ୍ର ବୁଝିଥାନ୍ତି ଓ ବିରକ୍ତି ପ୍ରକାଶ ନକରି ସେ ସବୁର ସମ୍ପନ୍ନ କରିବା ନାରୀପକ୍ଷେ ସହଜସାଧ୍ୟ ହୋଇଥାଏ । ଏହି ଦୃଷ୍ଟିରୁ ଯାହାର ଧୀଶକ୍ତି ଯେତେ ପ୍ରଖର ତା’ର ସେତିକି ଅଧିକ ଆଦର । ଭଗବାନଙ୍କ ବିଭୂତି ଆତ୍ମବଳ ରୂପରେ ନାରୀଙ୍କଠାରେ ପ୍ରକଟିତ ହୋଇ ତାଙ୍କୁ ପ୍ରଦାନ କରୁଥିବା ଧୈର୍ଯ୍ୟ ବା ଧାରଣ କରିବାର ଶକ୍ତି ହେଉଛି ଧୃତି । ଯାହାର ଜୀବନରେ ଧୃତି କମିଯାଏ ସେ ବିଶେଷ ଶକ୍ତିଶାଳୀ ହୋଇ ପାରିନଥାନ୍ତି ଏବଂ ଜୀବନରେ ସଫଳ ହୋଇପାରି ନଥାନ୍ତି । ଦଣ୍ଡ ଦେବାର ଶକ୍ତିଥିଲେ ମଧ୍ୟ ଅପରାଧକୁ ଭୁଲି, ଅପରାଧୀକୁ କିଛି ଦଣ୍ଡ ନ ଦେବା ହେଉଛି କ୍ଷମା। ବିଭୂତି ରୂପରେ ନାରୀମାନଙ୍କ ପାଖରେ ଭଗବାନ ରହି ସେମାନଙ୍କ ସ୍ୱଭାବସୁଲଭ କର୍ତବ୍ୟ ପାଳନ ପାଇଁ ଏହି ସଦ୍‌ଗୁଣର ବିଶେଷ ପ୍ରଭାବ ଅଛି। ଭଗବାନ ତାଙ୍କ ବିଭୂତି ରୂପରେ ପ୍ରକାଶ କରିଥିବା ସାତୋଟି ଗୁଣକୁ ଧାରଣ କରିଥିବା ଜଣେ ଆଦର୍ଶ ନାରୀ ସତୀସାଧ୍ୱୀ ରୂପରେ ଏତେ ଉପରକୁ ଉଠି ଯାଇପାରିବେ ଯେପରି ଲୋକେ ମନେ କରିବେ ଯେ ଜଣେ ଦେବୀ ସ୍ୱର୍ଗରୁ ପୃଥିବୀକୁ ଓହ୍ଲାଇ ଆସିଛନ୍ତି । ସେତେବେଳେ ସେ ପୃଥିବୀ ପରି କ୍ଷମାଶୀଳ, ସମୁଦ୍ର ପରି ଗମ୍ଭୀର, ଗଙ୍ଗା ମାତାଙ୍କ ପରି ପାବନୀ ଏବଂ ଦୃଷ୍ଟଙ୍କ ପାଇଁ ପ୍ରଜ୍ୱଳିତ ଅଗ୍ନି ସ୍ୱରୂପ ହୋଇଯାଇପାରେ । ସେ ସମସ୍ତଙ୍କୁ ଶୀତଳତାର ସ୍ପର୍ଶ ଦେଇପାରିବ ଓ ଆକାଶ ପରି ସମସ୍ତଙ୍କୁ ଧାରଣ କରିପାରିବ ।

## କୁକୁର ପେଟରେ ଅଜବ ଖାଦ୍ୟ



ଆମେରିକାର ପେଣ୍ସିଲଭେନିଆ ପ୍ରାନ୍ତର ଏକ ଭାଗରେ ଜଣେ ବ୍ୟକ୍ତି ୮ବର୍ଷ ପର୍ଯ୍ୟନ୍ତ ଲେବ୍ରାଡୋର ନାମକ ଏକ କୁକୁରକୁ ଘରେ ପାଳୁଥିଲେ । ହଠାତ୍ କୁକୁରର ଶରୀର ଅସୁସ୍ଥ ହେବାରୁ ଔଷଧ କିଣି ଖୁଆଇଥିଲେ । କିନ୍ତୁ ଲେବ୍ରାଡୋରର ଅବସ୍ଥାରେ ସୁଧାର ଆସିନଥିଲା । କୁକୁରଟି ପେଟ ଯନ୍ତ୍ରଣାରେ ବହୁତ କଷ୍ଟ ପାଇବାରୁ କୁକୁରର ମାଲିକ ଡାକ୍ତରଖାନା ନେଇଯାଇଥିଲେ । ଡାକ୍ତରଖାନାରେ କୁକୁର ପେଟ ଏକ୍ସରେ ହେବା ଫଳରେ ସମସ୍ତ କଥା ପଦାକୁ ଆସିଯାଇଥିଲା । ପ୍ରକୃତରେ କୁକୁରଟିର ପେଟରେ ଯନ୍ତ୍ରଣା ହେବାର କାରଣ ହେଉଛି, ତା’ର ପେଟରେ କେତେକ ଅଖାଦ୍ୟ ରହିଥିଲା । ପେଟରୁ ୬୨ଟି ମୁଣ୍ଡ, କେଶ ବନ୍ଧା ବ୍ୟାଣ୍ଡ ଓ ୮ଟି ଅନ୍ତଃବସ୍ତ୍ର ବାହାରିଥିଲା । ଯାହାକୁ ସେ ଖାଇ ଦେଇଥିଲା । ଦୀର୍ଘ ଦୁଇ ଘଂଟାର ଅସ୍ତ୍ରୋପଚାର କରି କୁକୁରର ପେଟରୁ ଏସବୁ ଅଖାଦ୍ୟ ବାହାର କରାଯାଇଥିଲା ।

## ଏକାଧିକ ବିବାହ କରନ୍ତି ଖାସି ସମ୍ପ୍ରଦାୟର ମହିଳା



ବିଶ୍ୱର ବିଭିନ୍ନ ଦେଶରେ ଭଳିକିଭଳି ଆଦିବାସୀ ଅଛନ୍ତି । ସେମାନଙ୍କ ସଂସ୍କୃତି ଓ ପରମ୍ପରା କୌଣସି ରହସ୍ୟଠାରୁ କିଛି କମ୍ ନୁହେଁ । ମେଘାଳୟରେ ରହୁଥିବା ଖାସି ସମ୍ପ୍ରଦାୟର ମହିଳାଙ୍କ ହାତରେ ପରିବାରର ଦାୟିତ୍ୱ ନ୍ୟସ୍ତ ହୋଇଥାଏ । ଏହି ସମ୍ପ୍ରଦାୟର ପୁରୁଷମାନେ ବିବାହ ପରେ ଶ୍ୱଶୁର ଘରେ ଯାଇ ରୁହନ୍ତି । ଏଠାରେ ପୁରୁଷମାନଙ୍କୁ ଘରର ସବୁକାମ କରିବାକୁ ହୋଇଥାଏ। ବାହାରର ସବୁ କାମ ମହିଳା କରନ୍ତି । ମେଘାଳୟରେ ଥିବା ବଜାରଗୁଡ଼ିକର ଦୋକାନରେ ମହିଳା କାମ କରନ୍ତି। ଖାସି ସମ୍ପ୍ରଦାୟରେ ଘରର ସାନ ଝିଅକୁ ସବୁଠୁ ଅଧିକ ସମ୍ପତି ମିଳିଥାଏ । ଏହି କାରଣରୁ ଘରର ସାନଝିଅ ମାତା-ପିତା, ଅବିବାହିତା ପୁଅ-ଝିଅଙ୍କର ଦେଖାଶୁଣା କରିଥାଏ। ଏହି ସମ୍ପ୍ରଦାୟର ଛୋଟ ଝିଅମାନେ ପିଲାଦିନେ ପଶୁହାଡ଼ରେ ଖେଳନ୍ତି । ଏଗୁଡ଼ିକ ସେମାନେ ଆଭୂଷଣଭାବେ ବ୍ୟବହାର କରନ୍ତି । ଖାସି ସମ୍ପ୍ରଦାୟର ପରିବାରଗୁଡ଼ିକ ମହିଳା କୈନ୍ଦ୍ରିକ ପରିବାର। ଅନେକ ଦିନ ପୂର୍ବରୁ ଏହି ସମ୍ପ୍ରଦାୟର ପୁରୁଷମାନେ ଯୁଦ୍ଧକୁ ପଳାଇ ଯାଇଥିଲେ ଓ ମହିଳାଙ୍କୁ ଛାଡ଼ି ଦେଇ ଯାଇଥିଲେ । ଏଥିଯୋଗୁଁ ପୁଅଝିଅମାନଙ୍କୁ ଘରର ମହିଳାମାନେ ସେମାନଙ୍କ ଉପନାମ ଦେଉଥିଲେ । ସେହିଭଳି ଖାସି ମହିଳାଙ୍କର ଅନେକ ଜୀବନସାଥୀ ଥାଏ । ତେଣୁ ପିଲାମାନଙ୍କୁ ମହିଳାମାନେ ସେମାନଙ୍କର ଉପନାମ ଦେଉଥିଲେ । ଏହି ସମ୍ପ୍ରଦାୟରେ କନ୍ୟା ସନ୍ତାନ ଜନ୍ମନେଲେ ମହିଳାମାନେ ଖୁସି ମନାନ୍ତି ।

## ଖାଦ୍ୟରେ ଟଏଲେଟ୍ ବ୍ରସ୍

ବ୍ରିଟେନ୍‌ରେ ରହୁଥିବା ଦୁଇବର୍ଷର ଲିଲି ନାମକ ଏକ ଛୋଟ ଝିଅ । ଯିଏ ଏକ ଭିନ୍ନ ଅଭ୍ୟାସରେ ପଡିଯାଇଛି । ତାକୁ ସାମାନ୍ୟ ଦ୍ରବ୍ୟ ଖାଇବାର ରୁଚି ବହୁତ କମ୍ ଥାଏ। ଡାକ୍ତରଙ୍କ ମତ ଅନୁସାରେ ଲିଲି ପିକା ନାମକ ଏକ ରୋଗରେ ପୀଡିତ । ଏହି ରୋଗ କାରଣରୁ ଲିଲିକୁ ଟଏଲେଟ୍ ସଫା କରାଯାଉଥିବା ବ୍ରସ୍ ଏବଂ କପଡା ଖାଇବାର ଅଭ୍ୟାସ ରହିଛି । ଡାକ୍ତର ମଧ୍ୟ ଲିଲିର ଏପରି ବ୍ୟବହାରରେ ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି । କେତେବେଳେ ଲିଲି କାହାର ନଜର ଆଢୁଆଳରୁ ଖସିଯିବାରେ ସଫଳ ହୋଇଛି । ଏହାପରେ ସେ ସିଧା ବାଥ୍‌ରୁମ୍ ଭିତରେ ପଶିଯାଏ ଏବଂ ସେଠାରେ ରଖାଯାଇଥିବା କପଡା ଏବଂ ଟଏଲେଟ୍ ବ୍ରସ୍‌କୁ ଖାଇବା ଆରମ୍ଭ କରିଦେଇଥାଏ ।

## ଓଲଟା ଚାଲିବାର ଅଭ୍ୟାସ



ଦୁନିଆରେ ଭିନ୍ନ ଭିନ୍ନ କାହାଣୀ ବହନ କରୁଥିବା ଲୋକ ବାସବାସ କରନ୍ତି। ଏବେ ଦେଖନ୍ତୁ ତାମିଲ୍‌ନାଡ୍ଡୁର ତ୍ରିପୁରାରେ ରହୁଥିବା ମଣିମଣିଥନ୍ ଯିଏ ଓଲଟା ଚାଲିଥାନ୍ତି। ୧୯୮୯ରେ ଦେଶଯାକରେ ସୃଷ୍ଟି ହୋଇଥିବା ଆତଙ୍କ ଘଟଣାରେ ଆହତ ହୋଇଥିଲେ ତ୍ରିପୁରାର ମଣିମଣିଥନ୍। ବିଶ୍ୱଶାନ୍ତି ପ୍ରତିଷ୍ଠା ପାଇଁ ଓଲଟା ଚାଲିବା ତାଙ୍କର ଏକ ଅଭିନବ ପ୍ରୟାସ ବୋଲି ମଣି କହନ୍ତି। ଦୀର୍ଘ ୨୬ବର୍ଷ କାଳ ଏଭଳି ଅଜବ୍ ଢ଼ଙ୍ଗରେ ଚାଲିବା ଅଭ୍ୟାସ ଜାରି ରଖିଛନ୍ତି। ତେବେ ଚାଲିବା ସମୟରେ ତାଙ୍କୁ ସଡକ ପାର କରିବାକୁ ପଡୁ କି ସିଡି ଚଢିବାକୁ ହେଉ ସେ ସଦାସର୍ବଦା ଓଲଟା ହିଁ ଚାଲିଥାନ୍ତି। ଫଳରେ ସିଧା ଚାଲିବା ସେ ସମ୍ପୂର୍ଣ୍ଣ ରୂପେ ଭୁଲି ଗଲେଣି ଏବଂ ଓଲଟା ଚାଲିବା ନିତିଦିନିଆ ଅଭ୍ୟାସରେ ପରିଣତ ହୋଇଗଲାଣି।

## ଆଜିର ଭାଗ୍ୟ


ମେଷ

ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।


ବୃଷ

ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।


ମିଥୁନ

ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ୍ୟ ଲାଭରୁ ଖୁସି ହେବେ।


କର୍କଟ

ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।


ସିଂହ

ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ଦାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।


କନ୍ୟା

ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।


ତୁଳା

ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ୍ୟ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।


ବିଛା

ଚତୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।


ଧନୁ

ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।


ମକର

କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।


କୁମ୍ଭ

ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।


ମୀନ

ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪




**ଭୁବନେଶ୍ୱର, ୨୦୨୪, ମଇ ୦୧**

# ସମସ୍ୟା ଅନେକ : ବିଶ୍ୱ ଶ୍ରମିକ ଦିବସ


ଅଲେଖ ଚନ୍ଦ୍ର ସାମଲ

ମୁଣ୍ଡ ଉପରେ ନିର୍ବାଚନ। ସବୁ ରାଜନୈତିକ ଦଳର ନିର୍ବାଚନ ଇସ୍ତାହାର ପ୍ରକାଶ ପାଇ ସାରିଲାଣି କିନ୍ତୁ ଶ୍ରମିକଙ୍କ କଲ୍ୟାଣ, ସୁରକ୍ଷା ଓ ପ୍ରଗତି ପାଇଁ ସେପରି ଘୋଷଣାନାମା କିଛି ନାହିଁ। ଏବେ ବି ସମାଜର ସବୁଠୁ ଅବହେଳିତ ବର୍ଗ ଭାବେ ଏ ଶ୍ରମିକମାନେ ପରିଚିତ। ଏବେ ବି ସେମାନେ ଶୋଷିତ ଓ ନିର୍ଯାତିତ ହେଉଛନ୍ତି। ଅନେକ ଘଟଣା ଲୋକଲୋଚନକୁ ଆସେ ଆଉ କିଛି ଘଟଣା ମଧ୍ୟ ଅଭିଯୋଗ ଭିତରେ ହିଁ ଚାପି ହୋଇଯାଏ। ଶ୍ରମିକ ଯେଉଁମାନେ ନିର୍ମାଣ କରିଥାନ୍ତି ବିଶ୍ୱକୁ। ରାତି ଦିନ ଏକ କରି ମୁଣ୍ଡଝାଳ ତୁଣ୍ଡରେ ମାରି ଅକ୍ଲାନ୍ତ ପରିଶ୍ରମ କରିଥାନ୍ତି। ଖରା, ବର୍ଷା, ଶୀତ ହେଉ ଅବା କାକର କାହାର ବି ପ୍ରଭାବ କାଟୁ କରି ନଥାଏ ଏମାନଙ୍କୁ। ସମାଜର ତଳସ୍ତରରେ ରହି ସମାଜ ଗଠନରେ ଏକ ଗୁରୁ ଦାୟିତ୍ୱ ନେଇଥାନ୍ତି ଏହି ଶ୍ରମିକମାନେ। ଶ୍ରମିକମାନେ ହେଲେ ଆଧୁନିକ ଯୁଗର ବିଶ୍ୱକର୍ମା। ଏମାନଙ୍କ ବିନା ସୃଷ୍ଟିର କଳନା କରିବା ବୃଥା। ହେଲେ ଦୁନିଆକୁ ଗଢୁଥିବା ଏହି ଶ୍ରମିକର ମୁଣ୍ଡ ଗୁଞ୍ଜିବାକୁ ବି ନଥାଏ ନିଜସ୍ୱ ଏକ ଘର। ୧୮୮୬ ମସିହାରେ ପ୍ରଥମେ ଶ୍ରମିକଙ୍କ କାର୍ଯ୍ୟ ସମୟ ୧୨ରୁ ୧୬ ଘଣ୍ଟା ପରିବର୍ତ୍ତେ ଆଠ ଘଣ୍ଟାକୁ କମାଇବା ନେଇ ଶ୍ରମିକ ଆନ୍ଦୋଳନ ମୁଣ୍ଡ ଟେକିଥିଲା। ଏହା ପରଠାରୁ ଶ୍ରମ ଆଇନ ଗଠନ କରାଯାଇ ଶ୍ରମିକମାନେ ଆଠଘଣ୍ଟା କାର୍ଯ୍ୟ, ଆଠଘଣ୍ଟା ବିଶ୍ରାମ ଓ ଆଠ ଘଣ୍ଟା ମନୋରଞ୍ଜନ କରିବେ ବୋଲି ଘୋଷଣା କରାଯାଇଥିଲା। ତେବେ ଆଜିର ନବ ଉଦାରବାଦୀ ଅର୍ଥନୀତି ଭିତରେ ଶ୍ରମ ଆଇନରେ ପରିବର୍ତ୍ତନ ଦେଖାଦେଇଛି। ନୂଆ ନୂଆ ବିଦେଶୀ କମ୍ପାନୀଙ୍କ ପ୍ରବେଶ ପରେ ସେଠାରେ ଶ୍ରମିକମାନଙ୍କୁ ଆଠଘଣ୍ଟା ପରିବର୍ତ୍ତେ ୧୨ଘଣ୍ଟାରୁ ୧୬ ଘଣ୍ଟା ପର୍ଯ୍ୟନ୍ତ ପରିଶ୍ରମ କରିବାକୁ ବାଧ୍ୟ କରାଯାଉଛି। କିନ୍ତୁ ସେମାନଙ୍କ ସୁରକ୍ଷା ଓ ସ୍ୱାର୍ଥରକ୍ଷା ପ୍ରତି କିଛି ବି ପଦକ୍ଷେପ ନିଆଯାଉନାହିଁ। ଶ୍ରମିକମାନଙ୍କୁ କାର୍ଯ୍ୟକ୍ଷେତ୍ରରେ ଜୋତା, ଗ୍ଲୋବସ୍ ଓ ହେଲମେଟ୍ ଯୋଗାଇ ଦେବାକୁ ଘୋଷଣା କରିଥିଲେ। ସେସବୁ ଶତ ପ୍ରତିଶତ କାର୍ଯ୍ୟକାରୀ ହୋଇନାହିଁ। ରାଜ୍ୟ ବର୍ତ୍ତମାନ ପାଖାପାଖି ୬ ଲକ୍ଷ ନିର୍ମାଣ ଶ୍ରମିକ ପଞ୍ଜିକୃତ ହୋଇଛନ୍ତି। କେବଳ ମାଟି ଖୋଳୁଥିବା ଓ ଘର କରୁଥିବା ଲୋକେ ଶ୍ରମିକ ନୁହନ୍ତି, ଏମିତିକି ଚାକିରୀ କ୍ଷେତ୍ରରେ ମଧ୍ୟ କାର୍ଯ୍ୟରତ ସମସ୍ତ କର୍ମଚାରୀ ଯେଉଁମାନଙ୍କର କି ନିରାପତ୍ତା ନାହିଁ ସେମାନେ ଜଣେ ଜଣେ ଶ୍ରମିକ। ଏ ସର୍ଭିଏ ହେଉଛନ୍ତି ଅଣସଂଗଠିତ ଶ୍ରମିକ। ଭାରତ ବର୍ଷରେ ଥିବା ଶ୍ରମିକମାନଙ୍କ ମଧ୍ୟରେ ୯୩ ପ୍ରତିଶତ ହେଉଛନ୍ତି ଏହି ଅଣସଂଗଠିତ ଶ୍ରମିକ ଶ୍ରେଣୀର। କିନ୍ତୁ ଏମାନଙ୍କୁ ଆଜି ପର୍ଯ୍ୟନ୍ତ ଶ୍ରମ ନିୟମର ଅନ୍ତର୍ଭୁକ୍ତ କରାଯାଇନାହିଁ। ରାଜ୍ୟରେ କାର୍ଯ୍ୟରତ ସମସ୍ତ ଶ୍ରମିକଙ୍କୁ ପଞ୍ଜିକୃତ କରାଇ ସେମାନଙ୍କୁ ବିଭିନ୍ନ ସୁବିଧା ସୁଯୋଗ ଯୋଗାଇ ଦେବା ପାଇଁ ସରକାରୀସ୍ତରରେ ଯୋଜନାମାନ କରାଯାଇଛି। ନିର୍ମାଣ ଶ୍ରମିକଙ୍କୁ ଭତ୍ତା, ପେନ୍‌ସନ, ଘର ନିର୍ମାଣ ପାଇଁ ଏକ ଲକ୍ଷ ଟଙ୍କା, ଦୁର୍ଘଟଣାଜନିତ ମୃତ୍ୟୁ ସହାୟତା ରାଶି ୨ ଲକ୍ଷ ଟଙ୍କା ଯୋଗାଇ ଦିଆଯାଉଛି। ହେଲେ କେତେକ ସ୍ଥଳରେ ପ୍ରକୃତ ହିତାଧିକାରୀ ଏସବୁ ସୁବିଧାରୁ ବଞ୍ଚିତ ହେଉଛନ୍ତି। ପ୍ରତିବର୍ଷ ଏପରି ଶ୍ରମିକ ଦିବସ ପାଳନ ଚାଲିଥିବାବେଳେ ଦାଦନ ସମସ୍ୟା ସୁଧାରିବାକୁ ନେତାଏ ଭୁଲି ଯାଉଛନ୍ତି। ରାଜ୍ୟ ବାହାରକୁ କେତେ ଶ୍ରମିକ ଦାଦନ ଖଟିବାକୁ ଯାଉଛନ୍ତି ତାହା ଆଜି ପର୍ଯ୍ୟନ୍ତ ପଞ୍ଜିକୃତ କରାଯାଇନାହିଁ। ଗୋଟିଏ ପଟେ ଶ୍ରମିକ ଦିବସରେ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜନ କରାଯାଇ ଖୁସି ମନାଯାଉଥିବା ବେଳେ ଅପର ପକ୍ଷରେ ଦାଦନ ଖଟି ଅଙ୍ଗ ହରାଉଛି ଶ୍ରମିକ। ଆଉ ଏକ ଘଟଣା ପରେ ପିଡ଼ିତଙ୍କୁ ସହାୟତା ରାଶି ଧରେଇ ଦେଇ ଘଟଣାକୁ ଚାପି ଦିଆଯାଉଛି। କିନ୍ତୁ ଏହି ଘଟଣାର ସମ୍ପୂର୍ଣ୍ଣ ମୂଳୋତ୍ପାଟନ ପାଇଁ ସରକାରୀସସ୍ତରରେ ଇଚ୍ଛାଶକ୍ତିର ଯେ ଅଭାବ ରହୁଛି, ତାହା ବର୍ତ୍ତମାନର ଶ୍ରମିକ ସମସ୍ୟା ସ୍ପଷ୍ଟ ସୂଚିତ କରୁଛି।

ପୂର୍ବତନ ଡିଏଫ୍‌ଓ , ପଲାଇ, ବାଲିଚନ୍ଦ୍ରପୁର, ଯାଜପୁର,ମୋ: ୯୪୩୭୨୫୭୧୨୩

# ଶ୍ରମିକ ଓ ଶ୍ରମକ୍ଷେତ୍ର


ଡ଼ଃ.ଅରୁନ୍ଧତୀ ଦେବୀ

କୌଣସି ସମାଜ, ଦେଶ, ସଂସ୍ଥା ଏବଂ ଉଦ୍ୟୋଗରେ ଶ୍ରମିକ, କାରିଗର ଏବଂ ଶ୍ରମଜୀବୀଙ୍କର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଥାଏ । ଏମାନେ ନିଜ ହାତ, ମସ୍ତିଷ୍କ ଏବଂ ସାରା ଶରୀରର ବିନିଯୋଗ କରି ଶ୍ରମ ଦାନ କରିଥାନ୍ତି । ଏମାନଙ୍କ ଯୋଗୁଁ କୌଣସି ଉଦ୍ୟୋଗ ସଫଳ ହୋଇପାରିଥାଏ । ଶ୍ରମିକଙ୍କ ବିନା କୌଣସି ଉଦ୍ୟୋଗ ତିଷ୍ଠି ରହିବା ସମ୍ଭବପର ନୁହେଁ । ଶ୍ରମିକମାନଙ୍କ ଗୁରୁତ୍ୱକୁ ଉପଲବ୍ଧି କରିବା ଏବଂ ସେମାନଙ୍କ କଲ୍ୟାଣ ଦିଗରେ ସାମଗ୍ରୀକ ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ପ୍ରତିବର୍ଷ ମଇ ମାସ ପହିଲାକୁ ଅନ୍ତର୍ଜାତୀୟ ଶ୍ରମିକ ଦିବସ ରୂପେ ପାଳନ କରାଯାଇଥାଏ । ଏହି ଦିବସ ପାଳନର ପରମ୍ପରା ୧ ମଇ ୧୮୮୬ ମସିହାରେ ଆରମ୍ଭ ହୋଇଥିଲା । ୮ଘଣ୍ଟା କାମ କରିବା ଦାବି ନେଇ ଏହି ଦିନ ଆମେରିକାର ଚିକାଗୋ ସହରରେ ଶ୍ରମିକମାନେ ଆନ୍ଦୋଳନ ଚଳାଇଥିବା ସମୟରେ ବୋମା ବିସ୍ଫୋରଣ ଘଟିଥିଲା । ବୋମା ବିସ୍ଫୋରଣକାରୀ ସଂପର୍କରେ ଜଣା ପଡ଼ିନଥିଲେ ହେଁ ପୋଲିସ ଆନ୍ଦୋଳନକାରୀଙ୍କ ଉପରକୁ ଗୁଳି ଚଳାଇଥିଲା । ଏଥିରେ ୭ଜଣ ଶ୍ରମିକଙ୍କ ମୃତ୍ୟୁ ଘଟିଥିଲା । ଏହି ଘଟଣା ବିଶ୍ୱବ୍ୟାପୀ ଆଲୋଡ଼ନ ସୃଷ୍ଟି କରିଥିଲା । ଧୀରେ ଧୀରେ ଶ୍ରମିକଙ୍କୁ ଆଠ ଘଣ୍ଟା କାମ କରାଯିବା ନିୟମକୁ ବିଶ୍ୱର ସମସ୍ତ ରାଷ୍ଟ୍ର ଆଇନରେ ପରିଣତ କରିଥିଲେ । ଉକ୍ତ ଘଟଣା ସ୍ମୃତିରେ ପ୍ରତିବର୍ଷ ମଇ ପହିଲାକୁ ଆନ୍ତର୍ଜାତୀୟ ଶ୍ରମିକ ଦିବସ ରୂପେ ପାଳନ କରାଯାଇଥାଏ । ଶତାଧିକ ବର୍ଷ ତଳେ ପ୍ରଥମେ ଆମେରିକାରେ ଶ୍ରମିକମାନେ ଶ୍ରମଦାନର ନିର୍ଦ୍ଦିଷ୍ଟ ସମୟ ନିର୍ଦ୍ଧାରଣ ଦାବିରେ ଯେଉଁ ସଫଳତା ହାସଲ କରିଥିଲେ ତାହାକୁ ନେଇ ଶ୍ରମିକ ଦିବସର ସୃଷ୍ଟି। ଏହାମଧ୍ୟ ମଇ ଦିବସ ନାମରେ ଜଣାଶୁଣା। ମଇ ପହିଲାରେ ସାରା ବିଶ୍ୱରେ ଶ୍ରମିକ ଦିବସ ପାଳିତ ହୋଇଥାଏ। ତେବେ ଆମର କହିବାର କଥା ହେଲା ଯେ, ଶ୍ରମିକମାନେ ଯୁଗେ ଯୁଗେ ଶ୍ରମଦାନ କରି ସମାଜକୁ ଓ ଏହାର ଅର୍ଥନୀତିକୁ ବଳିଷ୍ଠ କରିଥାନ୍ତି। ସେମାନଙ୍କ ରକ୍ତ ଓ ଝାଳବୁହା ପରିଶ୍ରମରେ ଏ ସମାଜର ବଡ଼ ବଡ଼ କଳକାରଖାନା, ରାସ୍ତାଘାଟ, ବନ୍ଧ, ଆପାର୍ଟମେଣ୍ଟ ଆଦି ନିର୍ମାଣ ହୋଇଥାଏ। ଏପରିକି ଏ ବିଶ୍ୱର ଯେତେଗୁଡ଼ିଏ କୀର୍ତ୍ତିରାଜି ଏ ପର୍ଯ୍ୟନ୍ତ ଅତ୍ୟନ୍ତ ମନୋରମ ଭାବେ ପରିଚିତ ସେଗୁଡ଼ିକ ମଧ୍ୟ ଏହି ଶ୍ରମିକମାନଙ୍କ ଅବଦାନ। ତାହା କୋଣାର୍କର ସୂର୍ଯ୍ୟ ମନ୍ଦିର ହୋଇପାରେ ବା ଲଣ୍ଡନ ଟାୱାର ହୋଇପାରେ ଅଥବା ଆମେରିକାର ବିଶ୍ୱ ବାଣିଜ୍ୟ କେନ୍ଦ୍ର ହୋଇପାରେ। ସବୁଠି ଶ୍ରମିକମାନଙ୍କ ଅବଦାନ ନିହିତ। ସେପରିସ୍ଥଳେ ଶ୍ରମିକମାନେ କିଭଳି ଅର୍ଥନୈତିକ ସ୍ତରରେ ସବଳ ହୋଇପାରିବେ ଏବଂ ସମାଜରେ ସମ୍ମାନଜନକ ଭାବେ ଜୀବନ ଅତିବାହିତ କରିବା ସହ ପରିବାର ପ୍ରତିପୋଷଣ କରିପାରିବେ ସେଥିଲାଗି ବିଧିବଦ୍ଧ ଆଇନ ଆନ୍ତର୍ଜାତିକ ସ୍ତରରେ ରହିଥିଲେ ହେଁ ଭାରତବର୍ଷରେ ତାହା ଲାଗୁ ହୋଇପାରିବ ନାହିଁ। ଆନ୍ତର୍ଜାତିକ ଶ୍ରମ ପ୍ରତିଷ୍ଠାନ ଆଇନ କେବଳ କାଗଜପତ୍ର ଭିତରେ ସୀମିତ। ଏହା ବ୍ୟତୀତ ଆମ ଦେଶରେ ମଧ୍ୟ ଶ୍ରମିକ କ୍ଷତିପୂରଣ ଆଇନ-୧୯୨୩, ଟ୍ରେଡ଼ ୟୁନିୟନ ଆଇନ-୧୯୨୬, ମଜୁରୀ ପ୍ରଦାନ ଆଇନ-୧୯୪୮, ଇପିଏଫ ଓ ଅନ୍ୟାନ୍ୟ ବ୍ୟବସ୍ଥା ନେଇ ଆଇନଗତ ସୁବିଧା କରାଯାଇଛି। କିନ୍ତୁ ପ୍ରଶ୍ନ ଉଠୁଛି ଯେ ଏହି ଆଇନଗତ ସୁବିଧା ସତରେ କେତେ ପ୍ରତିଶତ ଶ୍ରମିକଙ୍କୁ ମିଳୁଛି। ଆମ ଦେଶରେ ସାତଭାଗ ଶ୍ରମିକ ସଂଗଠିତ କ୍ଷେତ୍ରରେ କାର୍ଯ୍ୟ କରୁଥିଲାବେଳେ ଆଉ ୯୩ ଭାଗ ହେଉଛନ୍ତି ଅସଂଗଠିତ ଶ୍ରମିକ। ତେଣୁ ସିଂହଭାଗ ଶ୍ରମ ଆଇନ ପରିଧି ଭିତରକୁ ଆସୁନାହାନ୍ତି। ଏହି ଅସଂଗଠିତ ଶ୍ରମିକମାନଙ୍କ ଚାକିରି ନିରାପତ୍ତା, ମଜୁରୀ, ସାମାଜିକ ସୁରକ୍ଷା ଆଦି ନେଇ କୌଣସି ବିଧିବଦ୍ଧ ବ୍ୟବସ୍ଥା ନାହିଁ କହିଲେ ଚଳେ। ଶ୍ରମ ଆଇନ ମଧ୍ୟ ଏମାନଙ୍କ କ୍ଷେତ୍ରରେ ଲାଗୁ ହୁଏ ନାହିଁ। ଏହି ସବୁ ଶ୍ରମିକଙ୍କ ଲାଗି ସାମାଜିକ ସୁରକ୍ଷା ଆଇନ-୨୦୦୮ ପ୍ରଣୟନ କରାଯାଇଥିଲେ ହେଁ ତାହା ମଧ୍ୟ କାଗଜପତ୍ର ମଧ୍ୟରେ ସୀମାବଦ୍ଧ ବୋଲି କୁହାଯାଇପାରେ। ଅଥଚ ଅନ୍ୟପକ୍ଷରେ ଜାତୀୟ ଆୟ ୬୦ ଭାଗ ଅବଦାନ ଏହି ଅସଂଗଠିତ ଶ୍ରମିକଙ୍କ ଶ୍ରମଦାନର ଫଳ ବୋଲି କୁହାଯାଇପାରେ। ତେବେ ଅସଲ ପ୍ରଶ୍ନଟି ହେଲା, ଏହି ଶ୍ରମିକମାନଙ୍କ ସୁବିଧା ପାଇଁ ସରକାର କ'ଣ କରିଛନ୍ତି କରୁଛନ୍ତି ଓ କରିବେ? ଏବେ ଭାରତବର୍ଷରେ ଉଦାରୀକରଣ, ଜଗତୀକରଣ ଓ ଘରୋଇକରଣ ଅର୍ଥନୀତି କାର୍ଯ୍ୟକାରୀ ହେଉଛି। ସେପରିସ୍ଥଳେ ପ୍ରଚଳିତ ଶ୍ରମ ଆଇନକୁ ନିଜ ବାଟରେ ନେବା ଲାଗି ଅନେକ କର୍ପୋରେଟ ହାଉସ ଓ ପୁଞ୍ଜିପତି ଯେ ଉଦ୍ୟମରତ ତାହା କହିବା ଅନାବଶ୍ୟକ। ଏହି ଦୃଷ୍ଟିକୋଣରୁ ଆମେ ଏଠାରେ କହି ରଖୁ, ଉଭୟ କେନ୍ଦ୍ର ସରକାର ଓ ସବୁ ରାଜ୍ୟ ସରକାର ଏଥିପ୍ରତି ଗୁରୁତ୍ୱ ଦେବା ଆବଶ୍ୟକ। ଶ୍ରମ ନିର୍ଘଣ୍ଟ, ନିଯୁକ୍ତି, ମଜୁରୀ, ପେନ୍‌ସନ, ସ୍ୱାସ୍ଥ୍ୟ ସୁବିଧା ଆଦି ସେମାନଙ୍କୁ ଯୋଗାଇଦେବା ନିତାନ୍ତ ଜରୁରୀ। ଅବଶ୍ୟ ଓଡ଼ିଶା ପରିପ୍ରେକ୍ଷୀରୁ ଦେଖିଲେ ରାଜ୍ୟ ସରକାର ସମ୍ପ୍ରତି ଅସଂଗଠିତ ନିର୍ମାଣ ଶ୍ରମିକଙ୍କ ସାମାଜିକ ସୁରକ୍ଷା ଲାଗି କେତେଗୁଡ଼ିଏ ପଦକ୍ଷେପ ଗ୍ରହଣ କରିଛନ୍ତି ଯାହା ସ୍ୱାଗତଯୋଗ୍ୟ। କିନ୍ତୁ ସେତିକିରେ ରାଜ୍ୟ ସରକାର ଆତ୍ମତୃପ୍ତି ଲାଭ କରିବା ଅନୁଚିତ। ବରଂ ନିର୍ମାଣ ଶ୍ରମିକଙ୍କ ସହିତ ଅନ୍ୟ ଶ୍ରମିକମାନଙ୍କୁ ମଧ୍ୟ ତୁଳନାତ୍ମକ ବିଚାର ସହିତ ଆବଶ୍ୟକ ସୁବିଧା ସୁଯୋଗ ଯୋଗାଇଦେବା ନିତାନ୍ତ ଆବଶ୍ୟକ। ଶ୍ରମିକର ଉନ୍ନତି ହେଲେ ସାମଗ୍ରୀକ ଭାବେ ଦେଶର ଉନ୍ନତି ଘଟିବା ସ୍ୱାଭାବିକ।

ନିର୍ଦ୍ଦେଶିକା-ସମ୍ପାଦିକା, ଆନ୍ତର୍ଜାତିକ ଅଶୋଭନୀୟତା ନିରୋଧ ଆନ୍ଦୋଳନ, କଟକ, ଦୂରଭାଷ : ୯୯୩୭୧୭୨୮୧୦

# ମାନବ ଜୀବନରେ ଶ୍ରମର ଗୁରୁତ୍ୱ


ଉମାଶଙ୍କର ପ୍ରସାଦ

ଜୀବନ ଗଠନରେ ଶ୍ରମର ଗୁରୁତ୍ୱ କେତେ ଅଧିକ, ତାହା ହୃଦୟଙ୍ଗମ କରିପାରିଲେ ଆମେ ଆମକୁ ପ୍ରକୃତ ମର୍ଯ୍ୟାଦା ଦେଇପାରିବା। ଏ ଧରାବକ୍ଷରେ ଜୀବନନିର୍ବାହ କରିବା ପାଇଁ ଖାଦ୍ୟ, ବସ୍ତ୍ର, ବାସଗୃହ ଏବଂ ଅନ୍ୟାନ୍ୟ ପଦାର୍ଥର ଆବଶ୍ୟକ। ଏହିସବୁ ଜିନିଷ କେବଳ ଶ୍ରମ ଦ୍ୱାରା ପ୍ରାପ୍ତ ହୋଇଥାଏ। କୌଣସି ପ୍ରକାର ଶାରୀରିକ ଶ୍ରମକୁ ଘୃଣା କରିବା ଅନୁଚିତ। "ଶ୍ରମହିଁ ସଫଳତାର ମାପକାଠି"। ପରିଶ୍ରମ ବ୍ୟକ୍ତିକୁ ସୁସ୍ଥସବଳ କରିବା ସଙ୍ଗେ ସଙ୍ଗେ ଆନନ୍ଦ ପ୍ରଦାନ କରିତାଏ। ସଂପୃକ୍ତ ବ୍ୟକ୍ତି ଲାଭ କରିଥାଏ ଶ୍ରମଜନିତ ଆତ୍ମସନ୍ତୋଷ। ଶାନ୍ତିନିକେତନ ଶିକ୍ଷାନୁଷ୍ଠାନ ଆରମ୍ଭ କଲାବେଳେ ରବୀନ୍ଦ୍ରନାଥ ଠାକୁର ପ୍ରତ୍ୟେକ ବିଦ୍ୟାର୍ଥୀକୁ କିଛି କିଛି ଶାରୀରିକ ଶ୍ରମ କରିବାକୁ କହୁଥିଲେ। ସ୍ୱକାର୍ଯ୍ୟ ନିମନ୍ତେ ଶ୍ରମ ସ୍ୱୀକାର କଲେ ଶ୍ରମର ମହତ୍ୱ ବୃଦ୍ଧିପାଇବା ସଙ୍ଗେ ସଙ୍ଗେ ନିଜର ମର୍ଯ୍ୟାଦା ବୃଦ୍ଧି ହୋଇଥାଏ। ଶ୍ରମ ସମ୍ବନ୍ଧରେ ମାନବର ଦୃଷ୍ଟିକୋଣକୁ ପରିବ ର୍ନ କରିବା ପାଇଁ ସମାଜବାଦୀମାନେ ଉଦ୍ୟମ କରି ଆସିଛନ୍ତି। As per Henry George " for all labour cannot produce without the use of land the denial of the equal right to the use of land, is necessary denial of the right of labour to iys own product." ଏମ ଓ ଶ୍ରମିକ ଶ୍ରେଣୀ ଉପରେ ଗୁରୁତ୍ୱ ଆରୋପ କରିବା ସଙ୍ଗେ ସଙ୍ଗେ ଶ୍ରମ ମର୍ଯ୍ୟାଦାକୁ ଉପଲବ୍ଧି କରି କହିଥିଲେ:-" If the Almighty had ever meant a set of man that should do all of the eating and none of the work. He would have made them with mouths only and no hand and if He had meant another class to do all the work and no eating He would have made them with hands only and no mouth."

ଆଜି ଶ୍ରମିକ ଦିବସ।

ସେହି ମେହନତି ମଣିଷ ମାନେ ଦିନ ରାତି ନିଜର ଶ୍ରମ ବଳରେ ମ ର୍ରେ ସ୍ୱର୍ଗ ସୃଷ୍ଟି କରିଥାନ୍ତି ଯେଉଁ ମାନଙ୍କୁ ଯୋଗୁ ସମଗ୍ର ମାନବ ସମାଜ ଖାଦ୍ୟ, ବସ୍ତ୍ର, ଓ ବାସଗୃହ ପାଇଥାଏ ସେହିମାନେ ଆମ ସଂସ୍କୃତିର ପ୍ରବ ର୍କ। ସେ ଦିନ ଥିଲା ୧୮୮୬ ମସିହା ମେ ୧(ଏକ) ତାରିଖ। ଆମେରିକାର ଚିକାଗୋ ସହରରେ ହେମାର୍କେଟ୍ ଚଉମୁଖୀରେ ନିର୍ଯ୍ୟାତିତ ଶ୍ରମିକ ମାନେ ନିଜର ହକ୍ ପାଇଁ ଏକାଠି ହୋଇଥିଲେ। ନିଜର ବଂଚିବାର ଅଧିକାରକୁ ନେଇ ମାଲିକ ମାନଙ୍କ ଦ୍ୱାରା ନିର୍ଯ୍ୟାତିତ,ଅତ୍ୟାଚାରିତ ହୋଇ ସେମାନଙ୍କୁ ମଣିଷ ଭଳି ବଂଚିବାକୁ ଦିଆଯିବା ସହ ଅଠର ଘଂଟା ବଦଳରେ ଆଠଘଂଟା କରାଇବା ସହ ସପ୍ତାହକୁ ଏକ ଦିନ ବିଶ୍ରାମ ପାଇଁ ଅଡି ବସିଥିଲେ। ଧନୀକ ଶ୍ରେଣୀର ଲୋକଙ୍କ ଏଭଳି ନୃଶଂସ ମନୋଭାବକୁ ନେଇ ସାମ୍ୟବାଦର ପ୍ରତିଷ୍ଠାତା କାର୍ଲ ମାର୍କସ ତାଙ୍କର 'ଦାସ କ୍ୟାପିଟାଲ' କହିଥିଲେ ଅତିରିକ୍ତ ମୂଲ୍ୟନୀତି ଯେଉଁଥିରେ ସେ ପ୍ରାଞ୍ଜଳ ଭାବରେ ବୁଝାଇ ଥିଲେ ଶ୍ରମିକ ମାନଙ୍କୁ ଦିଆଯାଉଥିବା ପାରିଶ୍ରମିକ ତୁଳନାରେ ତାଙ୍କଠାରୁ ଯେପରି ଅଧିକ ପରିମାଣର କାର୍ଯ୍ୟ ହାସଲ କରାଯାଏ , ସେହି ଅତିରିକ୍ତ ଶ୍ରମଜାତ ଧନରେ ଧନୀକଗୋଷ୍ଠୀର କୌଣସି ଅଧିକାର ନାହିଁ। ସୁତରାଂ ସେ ଧନିକ ଶ୍ରେଣୀ ବିରୁଦ୍ଧରେ ବିପ୍ଳବ ଘୋଷଣା କଲେ ଏବଂ ଶ୍ରମିକ ଶ୍ରେଣିକୁ ଆହ୍ୱାନ ଦେଲେ 'ଦିନ ଆସିବ ଯେତେବେଳେ ଶୋଷିତଶ୍ରେଣୀ ନିଶ୍ଚୟ ଶୋଷକ ଶ୍ରେଣୀକୁ ଶୋଷଣ କରିବ। ଶ୍ରମିକ ମାନଙ୍କର ଏକଛତ୍ର ଶାସନ ପ୍ରତିଷ୍ଠା ହେବ। ଶ୍ରମିକ ନେତା ସ୍ୱାଇନ୍, ଫିସର,ଏଙ୍ଗେଲ, ପିୟର୍ସ ଚାହିଁଥିଲେ ଖଟିଖିଆଙ୍କର ମୁକ୍ତି। ସେମାନେ ବଂଚିବେ, ଖାଇବେ, ସ୍ୱପ୍ନ ଦେଖିବେ। ସେହି ପବିତ୍ର ଦିନରୁ ସୃଷ୍ଟି ହେଲା ପ୍ରସିଦ୍ଧ "ମଇ ଦିବସ"। ଆଜି ସେହି ମହନତି ମଣିଷ ମାନଙ୍କୁ ଏ ଲେଖକର ସଲାମ। ଶ୍ରମିକ ମାନେହିଁ ଆମ ସୃଜନୀର ରୂପକାର, ଇତିହାସର ଐତିହାସିକ। କାର୍ଲ ମାର୍କସ୍ ଙ୍କ ସ୍ଲୋଗାନ ଥିଲା ଶ୍ରମିକ ଏକତା ଜିନ୍ଦାବାଦ- 'ଲଢେଇ ବିନା ମୁକ୍ତି ନାହିଁ, ପ୍ରତିବାଦ ବିନା ପ୍ରାପ୍ତି ନାହିଁ। ଭାରତୀୟ ଶ୍ରମିକ ସଂଗଠନ ମୁଖ ସୌଧ କହେ ' ନ୍ୟାୟର ମଞ୍ଜି ବୁଣ ତା ଦ୍ୱାରା ତୁମେ ଶାନ୍ତି ପାଇବ'।

ତେଣୁ ଶ୍ରମିକ ମାନଙ୍କୁ ଅବହେଳା କରି କୌଣସି ଦେଶ ଅଗ୍ରଗତ କରି ପାରିନାହିଁ। ସେମାନଙ୍କ ଶ୍ରମଦାନରେ ରାଷ୍ଟ୍ର ହୋଇଥାଏ ସମୃଦ୍ଧିଶାଳୀ। ଏ ପ୍ରସଙ୍ଗରେ ମହାମାନବ ମହାତ୍ମାଗାନ୍ଧି କହନ୍ତି " A nation may do without its millionaires and without its capitalist but a Nation can never do without its labours."ଜାତିର ପ୍ରଗତି ପାଇଁ ଶ୍ରମିକ ଶ୍ରେଣୀ ଯେ ଅପରିହାର୍ଯ୍ୟ ଏକଥା ଏଥିରୁ ସୁସ୍ପଷ୍ଟ। ତେଣୁ ଆମ ଶାସନତନ୍ତ୍ର ଶ୍ରମିକ ମାନଙ୍କୁ ଯଥାମାନ୍ୟ ସମ୍ମାନ ଦେବାସହ ତାଙ୍କର ପ୍ରତ୍ୟେକ ସୁବିଧା ଉପରେ ଦୃଷ୍ଟି ଦେବା ଦରକାର କାରଣ "ଶ୍ରମ ବିନା ସମୃଦ୍ଧି ଅସମ୍ଭବ".

*ସମ୍ପାଦକ, ମାର୍ଗଦର୍ଶୀ ଖୋର୍ଦ୍ଧା, ମୋ:୬୩୭୦୬ ୭୫୫୬୨*

# ଗୋଟି ଶ୍ରମିକ ନିରୋଧ ଆଇନର ଆବଶ୍ୟକତା


ପୁଷ୍ପମିତ୍ର ମହାପାତ୍ର

ଦେଶରେ କେତେ ସଂଖ୍ୟାରେ ଗୋଟି ଶ୍ରମିକ ଅଛନ୍ତି ତାର ସର୍ଭେ କରି ସେମାନଙ୍କ ଥଇଥାନ ନିମନ୍ତେ ପଦକ୍ଷେପ ଗ୍ରହଣ କରିବାକୁ ନିକଟରେ ମାନ୍ୟବର ସୁପ୍ରିମକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ରାୟରେ ସବୁ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳକୁ ନିର୍ଦ୍ଦେଶ ଦେଇଛନ୍ତି । ଖଣ୍ଡପୀଠ କହିଛନ୍ତି ଯେ ସମସ୍ତ ରାଜ୍ୟ ସରକାର ଗୋଟି ଶ୍ରମିକ ସର୍ଭେ ସଂକ୍ରାନ୍ତରେ ଏକ ଦ୍ୱିବାର୍ଷିକ ରିପୋର୍ଟ ଜାତୀୟ ମାନବାଧିକାର କମିଶନଙ୍କ ନିକଟରେ ଦାଖଲ କରିବେ । କମିଶନ ଗୋଟିଶ୍ରମିକ ବ୍ୟବସ୍ଥା ଆକ୍ଟର ପ୍ରଚଳନ ବିଷୟ ଉପରେ ତଦାରଖ କରିବେ । ଗୋଟିଶ୍ରମିକ ପ୍ରଥା ଉଚ୍ଛେଦ ଆଇନ୍‌ର ଉପଯୁକ୍ତ ପ୍ରଚଳନ ନିମନ୍ତେ ନିର୍ଦ୍ଦେଶ ଦେବା ପାଇଁ ପବ୍ଲିକ୍ ୟୁନିୟନ ଫର ଲିବରଟିଜ୍ ନାମକ ଏକ ସଂସ୍ଥା ପକ୍ଷରୁ ଆଗତ ପିଟିସନ୍ ଉପରେ କୋର୍ଟ ଏହି ଆଦେଶ ପ୍ରଦାନ କରିଛନ୍ତି । ଭାରତ ସରକାର ୨୦୨୧ ଏପ୍ରିଲ ୨୫ରେ ଏକ ସତ୍ୟପାଠରେ ଦର୍ଶାଇଥିଲେ ଯେ କେନ୍ଦ୍ରଶ୍ରମ ଓ ନିୟୋଜନ ମନ୍ତ୍ରଣାଳୟ ୨୦୦୫-୨୦୧୦ରୁ ୨୦୧୦-୨୦ ମଧ୍ୟରେ ଗୋଟିଶ୍ରମିକ ସର୍ଭେ ପାଇଁ ୭୯୪ କୋଟି ଟଙ୍କା ସହାୟତା ଦେଇଥିଲେ । ଓଡ଼ିଶା, ପଞ୍ଜାବ, ରାଜସ୍ଥାନ, କର୍ଣ୍ଣାଟକ, ବିହାର, ଝାଡ଼ଖଣ୍ଡ, ଅରୁଣାଚଳ ପ୍ରଦେଶ, ଛତିଶଗଡ଼ ଓ ଉତ୍ତରାଖଣ୍ଡରେ ସର୍ଭେ ହୋଇନଥିଲା । କୋର୍ଟ କହିଛନ୍ତି ଯେ ସମସ୍ତ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳରେ ପ୍ରତି ୩ବର୍ଷରେ ଥରେ ନୂଆ ସର୍ଭେ କରାଯାଇ ସଂଶୋଧିତ ତଥ୍ୟ ୱେବସାଇଟରେ ଦେବାକୁ ହେବ । ଜିଲ୍ଲାସ୍ତରୀୟ ଭିଜିଲାନ୍ସ କମିଟି ଏବଂ ସବ୍‌ଡିଭିଜନାଲ ଭିଜିଲାନ୍ସ କମକିଟି ସର୍ଭେ ଦାୟିତ୍ୱ ନେବେ । କମିଟି ତାର ରିପୋର୍ଟ ଜାତୀୟ ମାନବାଧିକାର କମିଶନଙ୍କୁ ଦେବେ । ଏହି କମିଟି ପ୍ରତି ୩ବର୍ଷରେ ଥରେ ପୁନର୍ଗଠନ କରାଯିବ । ଇଟାଭାଟି, ପଥରଖଣି, କ୍ରସର, ବିଡ଼ି କାରଖାନା, ନିର୍ମାଣକ୍ଷେତ୍ର, କୃଷି, ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ ଥିବା ସୂତାକଳ ଆଦିରେ ଗୋଟିଶ୍ରମିକ ବ୍ୟାପକ ସଂଖ୍ୟାରେ ଥିବାରୁ ଏହି କମିଟି ଏସବୁ ଅଞ୍ଚଳର ସର୍ଭେ ଉପରେ ଅଧିକ ଗୁରୁତ୍ୱ ଦେବା ସହିତ ସେଠାରେ ଗୋଟିଶ୍ରମିକ ପ୍ରଥା ଆଇନ୍‌ର ଉଲ୍ଲଂଘନ ହୋଇଥିଲେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ । ୨୦୦୯ ଶିଶୁଙ୍କୁ ମାଗଣା ଓ ବାଧ୍ୟତାମୂଳକ ଶିକ୍ଷା ଆଇନ୍‌ରେ ୧ରୁ ୮ମ ଶ୍ରେଣୀ ଶିକ୍ଷାକୁ ବାଧ୍ୟତାମୂଳକ କରାଯାଇଥିଲେ ହେଁ ଏବେ ବି ସହର ଏବଂ ଗାଁରେ ଅନେକ ଶିଶୁ ଗୋଟିଶ୍ରମ ଭାବେ ତଥା ଘରୋଇ ଚାକର ଭାବେ କାମ କରୁଛନ୍ତି ଏବଂ ସେମାନେ ସ୍କୁଲକୁ ଯାଉନାହାନ୍ତି । ଗ୍ରାମାଞ୍ଚଳ ସ୍ତରରେ ପଞ୍ଚାୟତ ଓ ସହରାଞ୍ଚଳ ସ୍ତରରେ ପୌରସଂସ୍ଥା ଏଭଳି ଶିଶୁଙ୍କୁ ଚିହ୍ନଟ କରି ସେମାନଙ୍କ ଶିକ୍ଷାଦାନ ବ୍ୟବସ୍ଥା ନିଶ୍ଚିତ କରାଇବାକୁ ରାୟରେ କୁହାଯାଇଛି । ଆକ୍ଟର ଧାରା ୧୦, ୧୧ ଓ ୧୨ ସଠିକ୍ ଭାବେ କାର୍ଯ୍ୟକାରି ପାଇଁ ଜିଲ୍ଲା ମାଜିଷ୍ଟ୍ରେଟ୍‌ଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ସର୍ବନିମ୍ନ ମଜୁରୀ ଆକ୍ଟ, ଶ୍ରମିକ କ୍ଷତିପୂରଣ ଆକ୍ଟ, ଆନ୍ତଃରାଜ୍ୟ ଦେଶାନ୍ତର ଶ୍ରମିକ ଆଇନ୍, ଶିଶୁଶ୍ରମିକ ଉଚ୍ଛେଦ ଓ ନିୟନ୍ତ୍ରଣ ଆଇନ ଯେପରି ସଠିକ୍ ଭାବେ କାର୍ଯ୍ୟକାରୀ ହୋଇପାରିବ ଏ ଦିଗରେ ଜିଲା ମାଜିଷ୍ଟ୍ରେଟ୍ ଏବଂ ରାଜ୍ୟ ସରକାର ଓ କେନ୍ଦ୍ରଶାସିତ ଅଞ୍ଚଳର ପ୍ରଶାସନ ଦୃଷ୍ଟିଦେବା ଆବଶ୍ୟକ । ଗୋଟିଶ୍ରମିକଙ୍କ ସମ୍ପର୍କରେ କୌଣସି ତଥ୍ୟ ପାଇଲେ ଏ ବିଷୟରେ ଜିଲା ମାଜିଷ୍ଟ୍ରେଟଙ୍କୁ ଜଣାଇବା ପାଇଁ ସମସ୍ତ ଗ୍ରାମପଞ୍ଚାୟତ, ସ୍ୱାୟତଶାସନ ସଂସ୍ଥା ଓ ଲୋକାଲ ବଡ଼ିକୁ ନିର୍ଦ୍ଦେଶ ଦିଆଯାଇଛି । ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳରେ ସରକାରଙ୍କ ପକ୍ଷରୁ ଜାତୀୟ ମାନବାଧିକାର କମିଶନଙ୍କୁ ପଠାଯାଇଥିବା ୬ ମାସିଆ ରିପୋର୍ଟ ଅପରିବର୍ତ୍ତିତ ରଖିବାକୁ କୁହାଯାଇଛି । ଯେଉଁ ଅଞ୍ଚଳରେ ଭିଜିଲାନ୍ସ କମିଟି ଗଠନ ହୋଇନାହିଁ ସେସବୁ ୬ମାସ ଭିତରେ ତୁରନ୍ତ ଗଠନ କରିବାକୁ କୁହାଯାଇଛି । ଏହା ନିଶ୍ଚିତ ଭାବରେ ଦୁଃଖଦ ପ୍ରସଙ୍ଗ ଯେ ଭାରତ ସ୍ୱାଧୀନତା ପ୍ରାପ୍ତିର ଢ଼େର ବର୍ଷ ବିତିଗଲା ପରେ ବି ଆମ ସାମାଜିକ ପରିବେଶରେ ଗୋଟିଶ୍ରମିକମାନେ କାର୍ଯ୍ୟ କରୁଛନ୍ତି । ଅନେକ ବିପଜ୍ଜନକ କ୍ଷେତ୍ରରେ ସେମାନଙ୍କ ଜୀବନ ହାନୀ ହେଉଥିବାର ଖବର ଗଣମାଧ୍ୟମରେ ଖବର ପ୍ରକାଶ ପାଇଥାଏ । ସେଥିସହ କିଛି କାର୍ଯ୍ୟକ୍ଷେତ୍ରରେ ଏହି ଶ୍ରମିକମାନେ ଶୋଷିତ ହେଉଥିବାର ଖବର ମଧ୍ୟ ପ୍ରକାଶ ପାଏ । ଗୋଟିଶ୍ରମିକ ପ୍ରଥା ବନ୍ଦ ନେଇ ମାନ୍ୟବର ସୁପ୍ରିମକୋର୍ଟଙ୍କ ପୂର୍ବରୁ ଭାରତର ବିଭିନ୍ନ ହାଇକୋର୍ଟରେ ଏ ନେଇ ମାମଲା ରୁଜୁ ହୋଇଛି ଆଉ ବିଭିନ୍ନ ସମୟରେ ମାନ୍ୟବର ହାଇକୋର୍ଟ ଓ ସୁପ୍ରିମକୋର୍ଟ ମଧ୍ୟ ଦୃଷ୍ଟାନ୍ତମୂଳକ ରାୟ ପ୍ରଦାନ କରିଛନ୍ତି । ତେବେ ସରକାରୀ ସ୍ତରରେ ପ୍ରଶାସନକୁ ସତର୍କ କରିବା ସହ ଶ୍ରମବିଭାଗକୁ ଏନେଇ ଆର୍ଲଟ କରାଯିବା ଜରୁରୀ । ଗୋଟିଶ୍ରମିକଙ୍କ ସୁରକ୍ଷା ପାଇଁ ବିଧିବଦ୍ଧ ଆଇନର ଫାଙ୍କ ରହୁଥିବାରୁ ଅନେକ କ୍ଷେତ୍ରରେ ଶ୍ରମଜିବୀମାନେ ଦାଦନଭାବେ କେବଳ ବାହାର ରାଜ୍ୟ ନୁହେଁ ବିଦେଶକୁ ଯାଇ ଅକଥନୀୟ ଯନ୍ତ୍ରଣା ପାଇଥାନ୍ତି । ଏ କ୍ଷେତ୍ରରେ ଦାଦନ ଶ୍ରମିକ ନିରୋଧ ଆଇନର ବିଧି ବ୍ୟବସ୍ଥା ସେପରି ନଥିବାରୁ ଏହାର ଫାଇଦା ତଥା କଥିତ ଦଲାଲ ଓ ଠିକାଦାରମାନେ ଉଠାଇଥାନ୍ତି । ଗୋଟି ଶ୍ରମିକଙ୍କ ସୁରକ୍ଷା ପାଇଁ ଭାରତର ବିଭିନ୍ନ ରାଜ୍ୟରେ ଆଇନ କାର୍ଯ୍ୟକାରୀ କରୁଥିଲେ ବି କିଛି ରାଜ୍ୟରେ ଏହି ଆଇନ ପ୍ରଣୀତ ହୋଇନଥିବାରୁ ଏହାର ଫାଇଦା ଉଠାଯାଉଛି । ଶୋଷିତ ହେବା ସହ ସୁରକ୍ଷିତ ଆଇନ ନଥିବାରୁ ଏହି ଶ୍ରମିକମାନେ ଆର୍ଥିକ ସହାୟତା ପାଇବାରୁ ବଞ୍ଚିତ ହୋଇଥାନ୍ତି । ପ୍ରତିବର୍ଷ ଶ୍ରମଦିବସରେ ଗୋଟିଶ୍ରମିକଙ୍କ ସୁରକ୍ଷା ପାଇଁ ଫମ୍ପା ଘୋଷଣାର ଆବାଜ୍ ଶୁଭିଥାଏ ସିନା କିନ୍ତୁ ଏହା କାର୍ଯ୍ୟକାରୀ ହୋଇନଥିବାରୁ ଏବଂ ଏନେଇ ସଚେତନତା ସୃଷ୍ଟି ହୋଇନଥିବାରୁ ଆଇନର ଦୁର୍ବଳତାରୁ ଫାଇଦା ଉଠାଇଥାନ୍ତି ତଥାକଥିତ ଶୋଷକ ବର୍ଗର ଠିକାଦାର ଓ ସର୍ଦ୍ଦାରମାନେ । ତେଣୁ ତୁରନ୍ତ ଗୋଟିଶ୍ରମିକ ନିରୋଧ ଆଇନ କଡ଼ାକଡ଼ି କାର୍ଯ୍ୟକାରୀ କରାଗଲେ ବର୍ଷ ବର୍ଷର ଏହି ଯନ୍ତ୍ରଣାକୁ ଭୋଗୁଥିବା ଶ୍ରମଜିବୀଙ୍କ ମୁହଁରେ ହସ ଫୁଟିପାରନ୍ତା ।

*ଆଇନ୍‌ଜୀବୀ, ଓଡ଼ିଶା ହାଇକୋର୍ଟ, କଟକ, ଦୂରଭାଷ : ୯୪୩୭୨୨୫୬୮୯*

# ଶ୍ରମିକ ଦିବସରେ ଶୁଭ ଅନୁଚିନ୍ତା


ରମେଶ ଚନ୍ଦ୍ର ନାୟକ

ପ୍ରତିବର୍ଷ ମଇ ମାସ ପ୍ରଥମ ଦିନଟିକୁ ସମଗ୍ର ବିଶ୍ୱ 'ମଇ ଦିବସ ' ବା ବିଶ୍ୱ ଶ୍ରମିକ ଦିବସ'' ରୂପେ ପାଳନ କରିଥାଏ। ସାରା ବିଶ୍ୱରେ ଶ୍ରମିକ ମାନଙ୍କର ଶିକ୍ଷା, ସ୍ୱାସ୍ଥ୍ୟ, ପରିମଳ, ପାରିପାର୍ଶ୍ୱିକ ପରିବେଶର ବିକାଶ ସାଧନ କରିବା ତଥା ଶ୍ରମର ଗୁଣାତ୍ମକ ଓ ମାନବିକ ମୂଲ୍ୟବୋଧଭିତ୍ତିକ ବିନିଯୋଗ, ଏହି ଦିବହର ମୁଖ୍ୟ ଆଭିମୁଖ୍ୟ ଅଟେ। ଆଜିର ଦିନଟି ଶ୍ରମିକ ଶ୍ରେଣୀର ଗୌରବମୟ ଏକତା ଓ ସଂଗ୍ରାମର ଇତିହାସକୁ ବଖାଣେ। ଜଗତୀକରଣ ବ୍ୟବସ୍ଥାରେ ଯେତେବେଳେ ଶିଳ୍ପ ଓ ଶ୍ରମିକର ସଂଜ୍ଞା ବଦଳେ, ସେତେବେଳେ ଏହି ଦିବସର ପ୍ରାସଙ୍ଗିକତା କେତେଦୂର ଯଥାର୍ଥ , ତାହା ସମସ୍ତଙ୍କୁ ନିଶ୍ଚିତ ଆଶ୍ଚର୍ଯ୍ୟ କଲାଭଳି ଏକ ପ୍ରଶ୍ନ। ଏହି ପ୍ରଶ୍ନର ପ୍ରମୁଖ ଉଦ୍ଦେଶ୍ୟ ହେଉଛି ଏ ମାଟିର ଶ୍ରମିକ ମୁକ୍ତି , ସମତା ଓ ଭାତୃତ୍ୱ ହାସଲର ଲକ୍ଷ୍ୟ ସ୍ଥଳରେ ଏବେ ସୁଦ୍ଧା ପହଞ୍ଚି ପାରି ନାହାଁନ୍ତି। କେବଳ ବିଧି ରକ୍ଷା କରି ଆମେ ଏହି ମେ' ପହିଲାକୁ ସଭା ଓ ଶୋଭାଯାତ୍ରା ମାଧ୍ୟମରେ କର୍ତ୍ତବ୍ୟ ପାଳନ କରିବା ପରି ମନେ ହେଉଛି। ଶ୍ରମିକଙ୍କ ପାଇଁ ସରକାରଙ୍କ ପକ୍ଷରୁ ଯୋଜନା ପରେ ଯୋଜନା ଓ ପ୍ୟାକେଜର ଲମ୍ବା ତାଲିକା ପ୍ରସ୍ତୁତ ହେଉଛି। ହେଲେ ବାସ୍ତବରେ ଆଜି ବି ଶ୍ରମିକ ପାଦରେ ବେଢି ପକାଇଛି ଶୋଷଣ,କଷଣ, ଦାରିଦ୍ର୍ୟ ଓ କ୍ଷୁଧା। ଆଖି ବୁଲାଇ ଆଣିଲେ ଚ଼ାରିଆଡ଼ ? ପ୍ରଗତିଶୀଳ ଭାରତର ସୁନ୍ଦର ସହର ଓ ଗାଁ, ମଲ ରୁ ମଲ୍ଟି ପ୍ଲେକ୍ସ , କମ୍ପାନୀରୁ କାରଖାନା , ଫ୍ଲାଏ ଓଭର ବ୍ରିଜରୁ ଜାତୀୟ ରାଜପଥ - ଏମିତିକି ଏ ମହାନଗରର ଯେତେସବୁ ନଦୀବନ୍ଧ, ଏୟାରପୋର୍ଟ, ମେଡିକାଲ, ନିର୍ମାଣ ବାଟ-ଘାଟ, ଅଫିସ୍ ଠାରୁ ଆରମ୍ଭ କରି ନୂଆ ଭାରତର ଆଧୁନିକତାର ସ୍ପର୍ଶ ଯାଏ - ବାସ୍ତବରେ ସବୁ ପଛର ଶ୍ରେୟ ଥାଏ ଶ୍ରମିକର। ହେଲେ ବାଃ ବାଃ ନିଅନ୍ତି ରାଜନୈତିକ ନେତାଙ୍କ ଠାରୁ ଆରମ୍ଭ କରି ଇଞ୍ଜିନିୟର ଠିକାଦାର ଓ ଧନୀକ ଶ୍ରେଣୀର ବ୍ୟକ୍ତି ବା ସମ୍ଭ୍ରାନ୍ତ ଶ୍ରେଣୀ । ହେଲେ ସମସ୍ତେ ଭୁଲିଯାଆନ୍ତି ପ୍ରକୃତ ବାହାଦୂରୀ ଶିଳ୍ପୀକୁ। ଯେଉଁମାନେ ଦିନରାତିକୁ ଏକ କରି ଓ ଝାଳରକ୍ତକୁ ପାଣିକରି ଏସବୁ ଗଢିବାରେ ନିଜ ଜୀବନକୁ ବାଜି ଲଗାଇଥାନ୍ତି। ସେମିତି ଏହି ଶିଳ୍ପୀ ଓ ଶ୍ରମିକଙ୍କ ଜୀବନ କିନ୍ତୁ ଦୁର୍ବିସହ। ସରକାରଙ୍କ ଠାରୁ ଆରମ୍ଭ କରି ପ୍ରଶାସନ ସେମାନଙ୍କୁ ସର୍ବଦା ହତାଶ , ଅବହେଳା ଓ ହତାଦର କରିଚ଼ାଲିଛି ବୋଲି ବିଭିନ୍ନ ଗଣମାଧ୍ୟମ ତଥା ସଂଗଠିତ ହେଉଥିବା ଶ୍ରମିକ ଆନ୍‌ଦୋଳନରୁ ଜଣାଯାଏ। ବିଭିନ୍ନ ସମୟରେ ଭୋଟ ହାତେଇବାକୁ ଲକ୍ଷାଧିକ ଟଙ୍କାର ଯୋଜନା ହେଉଛି ସତ କିନ୍ତୁ ସଜାଡି ହୋଇପାରୁନି ଶ୍ରମିକର ଆର୍ଥିକ ସ୍ଥିତି, ସୁଧାରି ହେଉନାହିଁ ଏମାନଙ୍କ ଜୀବନଚ଼ର୍ଯ୍ୟା। କେଉଁଠି ଛଅ ମାସର ପିଲାଙ୍କୁ ଲୁଗାରେ ବାନ୍ଧି ଅଣ୍ଟାରେ ଝୁଲେଇ ମହିଳା ଶ୍ରମିକଟିଏ ମୁଣ୍ଡରେ ବୋଝ ଲଦି ଝୁଣ୍ଟିକି ପଡୁଛି ତ କେଉଁଠି ଶିଶୁ ଶ୍ରମିକଟିଏ ମାଲିକର ବୋଲ ନମାନି ଅତ୍ୟାଚ଼ାରର ଶିକାର ହେଲାଣି ।କେବେ କଡାକଡି ହେବ ଶ୍ରମ ଆଇନ୍ ? କେବେ ମହିଳା ଶ୍ରମିକଙ୍କ ସମସ୍ୟା ଦୂର ହେବ ? କେବେ ରୋକିହେବ ଶିଶୁ ଶ୍ରମିକ ? ବାସ୍ତବରେ ଶ୍ରମିକଟିଏ କେବେ ପାଇବ ତା'ର ହକ୍ ? ସତରେ ଏହି ପ୍ରଶ୍ନର ସଠିକ୍ ଉତ୍ତର ଆଜିବି ଅସ୍ପଷ୍ଟ ଓ ଅବୁଝା । କେବଳ ଶ୍ରମିକ ଦିବସର ସ୍ମୃତିକୁ ମନେପକାଇ ଏହି ଦିନଟିକୁ ଛୁଟି ଦିନ ଭାବରେ ପାଳନ କରାଯାଉଛି। ଅତୀତରେ ଶ୍ରମିକଟିଏ କାର୍ଯ୍ୟ କଲାବେଳେ ବିଶ୍ରାମ କିମ୍ବା ବିରତିର ନଥିଲା ନିର୍ଦ୍ଦିଷ୍ଟ ସମୟସୀମା, ଦିନରାତି ଝାଳବୁହାଇ ଶ୍ରମିକମାନେ କାମ କରୁଥିଲେ। ଆଠ ଘଣ୍ଟା କାର୍ଯ୍ୟ ?ସମୟ ଦାବୀରୁ ଜନ୍ମ ନେଲା ବିଶ୍ୱ ଶ୍ରମିକ ଦିବସ । ପୁଞ୍ଜିବାଦୀ ବ୍ୟବସ୍ଥା ବିରୋଧରେ ବିଶ୍ୱ ଶ୍ରମଜୀବୀ ସମୁଦାୟର ଏହା ଥିଲା ପ୍ରଥମ ରାଜନୈତିକ ସଂଗ୍ରାମ ।

୧୮୮୪ ମସିହା ଠାରୁ ଏହି ଦାବୀ ନେଇ ଧାରାବାହିକ ଆନ୍‌ଦୋଳନ ଆମେରିକାରେ ଚ଼ାଲିଲା। ଯୁକ୍ତରାଷ୍ଟ୍ର ଆମେରିକାର ଏହି ଆନ୍‌ଦୋଳନର ସୂତ୍ରପାତ ହୋଇଥିଲେ ହେଁ ବିଶ୍ୱର ସମସ୍ତ ସ୍ୱାଧୀନ ଓ ପରାଧୀନ ଦେଶର ଶ୍ରମଜୀବୀ ମାନଙ୍କୁ ଏହା ପ୍ରଭାବିତ କରିଥିଲା। ଯୁକ୍ତରାଷ୍ଟ୍ର ଆମେରିକାର ବାଲ୍ଟିମୋର ସହରରେ ୧୮୬୬ ମସିହା ଅଗଷ୍ଟ ମାସରେ କେତେକ ଶ୍ରମିକ ସଙ୍ଗଠନର ପ୍ରତିନିଧି ମାନେ ଏକତ୍ରିତ ହୋଇ ଆଠ ଘଣ୍ଟା ଶ୍ରମ ଦିବସ ପାଇଁ ଆଇନ ପ୍ରଣୟନ କରିବା ସହିତ ବିଭିନ୍ନ ସୁବିଧା ସୁଯୋଗ ପାଇଁ ପ୍ରସ୍ତାବ ଗ୍ରହଣ କରିଥିଲେ। ନେସନାଲ୍ ଲେବର ୟୁନିୟନ ମଧ୍ୟ ପୁଞ୍ଜିବାଦୀ ଦାସତ୍ୱର ଶ୍ରମଜୀବୀ ମାନଙ୍କୁ ମୁକ୍ତ କରାଇବା ପାଇଁ ଲକ୍ଷ୍ୟ ରଖିଥିଲା। ୧୯୬୮ ରେ ଯୁକ୍ତରାଷ୍ଟ୍ର ଆମେରିକାର କଂଗ୍ରେସ ଆଠ ଘଣ୍ଟା ଶ୍ରମ ଦିବସକୁ ଗ୍ରହଣ କରିଥିଲେ। ପ୍ରଥମ ଆନ୍ତର୍ଜାତୀୟ ଜେନିଭା ଅଧିବେଶନ ମଧ୍ୟ ଉକ୍ତ ପ୍ରସ୍ତାବକୁ ଗ୍ରହଣ କରିଥିଲା। ୧୮୮୯ ଜୁଲାଇ ୧୪ ତାରିଖରେ ପ୍ୟାରିସ ସହରରେ ବିଭିନ୍ନ ଦେଶର ସୋସିଆଲିଷ୍ଟ ଆନ୍‌ଦୋଳନରେ ଏକ ବୈଠକ ଅନୁଷ୍ଠିତ ହେଲା। ଏଥିରେ ଦ୍ୱିତୀୟ ଆନ୍ତର୍ଜାତିକ ଗଠିତ ହେଲା। ଆମେରିକା ଶ୍ରମିକ ଶ୍ରେଣୀର ବୀରତ୍ୱପୂର୍ଣ୍ଣ ମଇ ଦିବସ ସଂଗ୍ରାମରେ ଅନୁପ୍ରାଣିତ ହୋଇ ଦ୍ୱିତୀୟ ଆନ୍ତର୍ଜାତିକ ୧୮୯୦ ମସିହା ମଇ ପହିଲାକୁ ଆନ୍ତର୍ଜାତିକ ଶ୍ରମିକ ଦିବସ ରୂପେ ପାଳନ କରିବାକୁ ନିଷ୍ପତ୍ତି ନେଲେ। ସେହିଦିନ ଠାରୁ ଆଜି ଯାଏଁ ପ୍ରତି ବର୍ଷ ସେ ମାସ ଏକ ତାରିଖରେ ପାଳିତ ହୁଏ ବିଶ୍ୱ ଶ୍ରମିକ ଦିବସ। ଭାରତ ଭଳି ଦେଶ ମଧ୍ୟ ଏଥିରେ ସାମିଲ। ୧୯୨୫ ମସିହା ଫେବୃଆରୀ ମାସରେ ଏଆଇଟିୟୁସି ର ଅନୁଷ୍ଠିତ ପଞ୍ଚମ ସମ୍ମିଳନୀରେ ୮ ଘଣ୍ଟା ଶ୍ରମ ସମୟ ପାଇଁ ମତ ପ୍ରକାଶ ପାଇଲା କିନ୍ତୁ ଏହା କାର୍ଯ୍ୟକାରୀ ହେଲା ଦେଶ ସ୍ୱାଧୀନତା ପରେ ୧୯୪୮ ମସିହାରେ ଯେତେବେଳେ ଫ୍ୟାକ୍ଟ୍ରି ଆଇନରେ ପରିବର୍ତ୍ତନ କରାଯାଇ ଦିନକୁ ଆଠ ଘଣ୍ଟା କାର୍ଯ୍ୟ ସମୟ ଧାର୍ଯ୍ୟ କରାଗଲା। ଯେଉଁ ଉଦ୍ଦେଶ୍ୟ ନେଇ ଶ୍ରମିକମାନଙ୍କ ପାଇଁ ଏହି ଦିବସର ଉତ୍ପତ୍ତି, ଏଠି ସେ ସମସ୍ୟାର ସମାଧାନ କେବେ ହେବ ତାହା ସମୟ କହିବ।

ଏହି ଦିବସ ପାଳନ କରିବା ବେଳେ ଶ୍ରମିକ ଶ୍ରେଣୀ ସମ୍ମୁଖରେ ଗୁରୁତର ଆହ୍ୱାନ ଆସି ଉପସ୍ଥିତ। ବର୍ତ୍ତମାନ ଆମେ ସାମ୍ରାଜ୍ୟବାଦର ଆକ୍ରମଣାତ୍ମକ ଦୃଷ୍ଟିଭଙ୍ଗୀ , ପୁଞ୍ଜିବାଦୀ ମାନଙ୍କର ଜଗତୀକରଣ ଓ ଟ୍ରେଡ୍ ୟୁନିୟନ ଓ ଶ୍ରମିକର ସ୍ୱାଧୀନତା ତଥା ଗଣତାନ୍ତ୍ରିକ ବ୍ୟବସ୍ଥାର ନିୟନ୍ତ୍ରଣ ମଧ୍ୟରେ ବାସ କରୁଛୁ। ପୁଞ୍ଜିବାଦୀ ଶାସନ ବର୍ତ୍ତମାନ ବଶ୍ୱୀକରଣ ହୋଇ ଉନ୍ମୁକ୍ତ ବିଶ୍ୱ ବଜାର ମାଧ୍ୟମରେ ଶାସନ କରୁଛେ। ଆନ୍ତର୍ଜାତିକ ମୁଦ୍ରାପାଣ୍ଠି , ବିଶ୍ୱ ବ୍ୟାଙ୍କ ଓ ବିଶ୍ୱ ବାଣିଜ୍ୟ ସଙ୍ଗଠନ ପରସ୍ପର ମଧ୍ୟରେ ସହଯୋଗ ସ୍ଥାପନ କରି ବିଶ୍ୱ ବଜାରକୁ ନିୟନ୍ତ୍ରିତ କରିବା ସହିତ ବିଶ୍ୱ ପୁଞ୍ଜିପତିଙ୍କର ସ୍ୱାର୍ଥକୁ ସୁରକ୍ଷିତ କରୁଛନ୍ତି। ତେଣୁ ଶ୍ରମିକ ଶ୍ରେଣୀ ସମ୍ମୁଖରେ ବିରାଟ ଆହ୍ୱାନ। ଏହାକୁ ମୁକାବିଲା କରିବା ପାଇଁ ଟ୍ରେଡ୍ ୟୁନିୟନ୍ ମାନଙ୍କର ଐକ୍ୟ ବଦ୍ଧ ସଂଗ୍ରାମ ଲୋଡା। ଶ୍ରମ ଆୟ ସୃଷ୍ଟି କରେ, ମାନସିକ ସ୍ଥିରତା ପ୍ରଦାନ କରେ,ଜୀବନର ଗତିପଥ ନିର୍ଦ୍ଧାରଣ କରେ ଏବଂ ପରିଶେଷରେ ସମ୍ପଦ ସୃଷ୍ଟି କରି ବୃହତ୍ ସମାଜର ମଙ୍ଗଳ କରେ। ତେଣୁ ଶ୍ରମିକ ବହୁବିଧ କାର୍ଯ୍ୟର ଅଧିକାରୀ ଏବଂ ବ୍ୟାପକ ପରିବର୍ତ୍ତନକୁ ମୁକାବିଲା କରିବା ପାଇଁ ସମାଜର ଏକ ଶକ୍ତିଶାଳୀ ମାଧ୍ୟମ। ଏହି ପୃଷ୍ଠଭୂମିରେ ବିଶ୍ୱ ଶ୍ରମିକ ଦିବସରେ ଆହ୍ୱାନ, ' ବିଶ୍ୱର ଶ୍ରମିକ ଶ୍ରେଣୀ ଏକ ହୁଅ', ତାହାହିଁ ବର୍ତ୍ତମାନର ଏକମାତ୍ର ଆବଶ୍ୟକତା। ଆଜିର ଏହି ପବିତ୍ର ଦିବସରେ ସମସ୍ତ ଶ୍ରମିକ ଭାଇ ଭଉଣୀ ମାନଙ୍କୁ ମୋର ହାର୍‌ଦ୍ଦିକ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇବା ସହ ସୁଖ ସମୃଦ୍ଧି କାମନା କରୁଛି।

କେଶରପୁର , ବକ୍ସି ବଜାର , କଟକ

ମୋ :- ୭୯୭୮୧୫୧୭୧୦




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତ୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଚର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନ୍‌ସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

# ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ାସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୂରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୂମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୁରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧ୍ୟାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'1 ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧ୍ୟାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧ୍ୟାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଳାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

# ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୂବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଉର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

# ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦ୍ୟୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟୋ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'ାଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ନାମାଙ୍କନ ପତ୍ର ଦାଖଲ କଲେ ସୁଶାନ୍ତ



ଭୁବନେଶ୍ୱର, ୩୦।୪ ଭୁବନେଶ୍ୱର ଉ ର ନିର୍ବାଚନ ମଣ୍ଡଳୀର ବିଜେଡି ବିଧାୟକ ପ୍ରାର୍ଥୀ ସୁଶାନ୍ତ କୁମାର ରାଉତ ମାଉସୀ ମା ଛକ ସ୍ଥିତ ରାମେଶ୍ୱର ମନ୍ଦିରରୁ ପୂଜାର୍ଚ୍ଚନା କରି ହଜାର ହଜାର ସମର୍ଥକଙ୍କ ସହିତ ବିରାଟ ଶୋଭାଯାତ୍ରାରେ ଚାଲି ଚାଲି ଯାଇ ଅତିରିକ୍ତ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ନାମାଙ୍କନ ପତ୍ର ଦାଖଲ କରିଛନ୍ତି। ଆଜି ସକାଳ ନଅଟା ସମୟରେ ମାଉସୀ ମା ଛକରେ ପ୍ରାୟ ୧୦ ହଜାରରୁ ଉର୍ଦ୍ଧ୍ୱ ସମର୍ଥକ ଏକତ୍ରିତ ହୋଇଥିଲେ। ସେଠାରେ ବିଧାୟକ ପ୍ରାର୍ଥୀ ସୁଶାନ୍ତ କୁମାର ରାଉତ ପହ ି ରାମେଶ୍ୱର ମନ୍ଦିରରେ ପୂଜାର୍ଚ୍ଚନା କରିଥିଲେ। ପ୍ରଭୁ ରାମେଶ୍ୱର ମହାଦେବଙ୍କ ଦର୍ଶନ ସାରି ଦଳୀୟ କର୍ମୀ, କର୍ମକ ର୍ା, ସମର୍ଥକ ଓ ଶୁଭେଚ୍ଛୁଙ୍କ ବହଣରେ ଆତସବାଜି, ଘୋଡାନାଚ, ଅନ୍ୟାନ୍ୟ ନାଚ, ଶଙ୍ଖ ଧ୍ୱନି, ଜିନ୍ଦାବାଦ ସ୍ଲୋଗାନ ମଧ୍ୟରେ ସମସ୍ତଙ୍କ ସହିତ ପାଦରେ ଚାଲି ଚାଲି ବିରାଟ ଶୋଭାଯାତ୍ରାରେ ଅତିରିକ୍ତ ଜିଲ୍ଲାପାଳଙ୍କ ଫାଟକ ନିକଟରେ ପହ ି ଥିଲେ। ସେଠାରେ ଉପସ୍ଥିତ ଭୁବନେଶ୍ୱରର ୧୦୦ ରୁ ଉର୍ଦ୍ଧ୍ୱ ଆଇନଜୀବୀ ଶ୍ରୀଯୁକ୍ତ ରାଉତଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଥିଲେ। ଶ୍ରୀଯୁକ୍ତ ରାଉତ କହିଥିଲେ ମାନ୍ୟବର ମୁଖ୍ୟମନ୍ତ୍ରୀ ପୁଣି ଥରେ ମୋ ଉପରେ ଆସ୍ଥା ପ୍ରକଟ କରି ଉ ର ନିର୍ବାଚନ ମଣ୍ଡଳୀର ଦାୟିତ୍ୱ ଦେଇଥିବାରୁ ମୁଁ ମାନ୍ୟବର ମୁଖମନ୍ତ୍ରୀ ନବୀନ ପଟ୍ଟନାୟକ, ନବୀନ ଓଡିଶା ଅଧକ୍ଷ ଭି କେ ପାଣ୍ଡିଆନ ଏବଂ ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସଙ୍କୁ କୃତଜ୍ଞତା ଜ୍ଞାପନ କରୁଛି। ମୁଖ୍ୟମନ୍ତ୍ରୀଙ୍କ ନେତୃତ୍ୱରେ ଉ ର ନିର୍ବାଚନ ମଣ୍ଡଳୀରେ ବିକାଶ ଧାରା ଜାରି ରହିଛି। ଉ ର ନିର୍ବାଚନ ମଣ୍ଡଳୀର ସର୍ବାଙ୍ଗୀନ ଉନ୍ନତି ପାଇଁ ଚେଷ୍ଟା କରିବା ସହିତ ଏହାକୁ ଏକ ନମ୍ବର କରିବା ପାଇଁ ପ୍ରୟାସ କରିବି। ଏହି କାର୍ଯ୍ୟକ୍ରମରେ ସାଂସଦ ପ୍ରାର୍ଥୀ ମନ୍ମଥ ରାଉତରାୟ, ମଧ ବିଧାୟକ ପ୍ରାର୍ଥୀ ଅନନ୍ତ ନାରାୟଣ ଜେନା, ମେୟର ସୁଲୋଚନା ଦାସଙ୍କ ସମେତ ସମସ୍ତ କର୍ପୋରେଟର, ଜିଲ୍ଲା ପରିଷଦ, ସରପ , ସମିତି ସଭ୍ୟ ଉପସ୍ଥିତ ଥିଲେ।

# ଶ୍ରମିକ ବିରୋଧି ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇବା ପାଇଁ ଶ୍ରମିକ କର୍ମଚାରୀ ବଦ୍ଧ ପରିକର




ଭୁବନେଶ୍ୱର,୨୭।୧୦(ପି.ଏନ): କେନ୍ଦ୍ରରେ ବି.ଜେ.ପି଼ ସରକାର ଏବଂ ରାଜ୍ୟରେ ବି.ଜେ.ଡ଼ି ସରକାର କୃଷକ କର୍ମଚାରୀ ବିରୋଧି ହୋଇଥିବାରୁ ଆଗାମୀ ବାଲେଶ୍ୱର ଓ ତ୍ରିତୋଲ ବିଧାନସଭା ଉପନିର୍ବାଚନରେ ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀ ମମତା କୁଣ୍ଡୁ ଓ ଜଗତସିଂହପୁର ପ୍ରାର୍ଥୀ ହିମାଂଶୁ ମଲ୍ଲିକଙ୍କୁ ଜିତାଇବା ପାଇଁ ଗତ ତା. ୨୨.୧୦.୨୦୨୦ ରିଖରେ ବାଲେଶ୍ୱର ଦୁର୍ଗା ଗାର୍ଡେନ ଠାରେ ଜାତୀୟ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଜାତୀୟ ଉପସଭାପତି, ଓଡ଼ିଶା ଶାଖାର ସଭାପତି ତଥା ପ୍ରାକ୍ତନ ସାଂସଦ ଡକ୍ଟର ରାମଚନ୍ଦ୍ର ଖୁଂଟିଆଙ୍କ ପୌରାହିତରେ ଅନୁଷ୍ଠିତ ରାଷ୍ଟ୍ରୀୟ ମଜଦୁର କଂଗ୍ରେସର ଆଂଚଳିକ ସମ୍ମିଳନୀରେ ନିଷ୍ପତି ନିଆଯାଇଛି। ଏହି ସମ୍ମିଳନୀରେ ଏ.ଆଇ.ଟି.ୟୁ.ସି., ସି.ଆଇ.ଟି.ୟୁ.,ଏଚ.ଏମ୍.ଏସ୍. ଏ.ଆଇ.ସି.ସି.ଟି.ୟୁ ପ୍ରଭୃତି ସମସ୍ତ କେନ୍ଦ୍ରୀୟ ଶ୍ରମିକ ସଂଗଠନକୁ ଶ୍ରମିକ କର୍ମଚାରୀ ବିରୋଧି ବି.ଜେ.ପି. ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରାଯାଇଛି। ଏହି ସମ୍ମିଳନୀକୁ ବିଧିବଧ ଭାବେ ଉଦ୍‌ଘାଟନ କରି ଅଖିଳ ଭାରତ କଂଗ୍ରେସ କମିଟିର ସାଧାରଣ ସଂପାଦକ ତଥା ସାଂସଦ ଡକ୍ଟର ଏ. ଚେଲ୍ଲା କୁମାର କହିଥିଲେ ଯେ, ରାଷ୍ଟ୍ରୀୟ ମଜଦୁର କଂଗ୍ରେସ କେବଳ ଭାରତ ନୁହେଁ ସାରା ପୃଥିବୀରେ ବୃହତମ ଶ୍ରମିକ ସଂଗଠନ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଭାରତ ବର୍ଷରେ ପ୍ରଣିତ ସମସ୍ତ ଶ୍ରମ ଆଇନ ଗୁଡ଼ିକୁ ପ୍ରଣୟନ କରିବା ପାଇଁ ମୁଖ୍ୟ ଭୂମିକା ନେଇଥିଲେ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ରାଜନୈତିକ ଦୃଷ୍ଟି କୋଣରୁ କଂଗ୍ରେସକୁ ସମର୍ଥନ କରୁଥିଲେ ହେଁ ଶ୍ରମିକ କର୍ମଚାରୀଙ୍କ ସ୍ୱାର୍ଥ ପାଇଁ କଂଗ୍ରେସ ସରକାରଙ୍କ କାର୍ଯ୍ୟକୁ କେବେ ପ୍ରତିବାଦ କରିବା ପାଇଁ ପଛାଇ ନାହିଁ। ଏଣୁ ଏହି ପରିପ୍ରେକ୍ଷୀରେ ଶ୍ରମିକ କର୍ମଚାରୀ ଓ ଚାଷୀ ବିରୋଧି ମୋଦୀ ଓ ନବୀନ ପଟ୍ଟନାୟକଙ୍କ ପ୍ରାର୍ଥୀଙ୍କୁ ବାଲେଶ୍ୱର ଓ ତ୍ରିତୋଲରୁ ହରାଇ କଂଗ୍ରେସ ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରିଥିଲେ। ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ସଭାପତି ଶ୍ରୀଯୁକ୍ତ ନିରଞ୍ଜନ ପଟ୍ଟନାୟକ ମୁଖ୍ୟ ଅତିଥି ଭାବରେ ଏହି ସଭାରେ ଉଦ୍‌ବୋଧନ ଦେଇ କହିଥିଲେ ଯେ, ବାଲେଶ୍ୱରର ସମସ୍ତ ଉନ୍ନୟନ କାର୍ଯ୍ୟ ଓ କଳକାରଖାନା କେବଳ କଂଗ୍ରେସ ସମୟରେ ହିଁ ହୋଇଛି। ଅନ୍ୟ କୌଣସି ଦଳର ବାଲେଶ୍ୱର ସହରର ଉନ୍ନୟନ ପାଇଁ କିଛି ଅବଦାନ ନାହିଁ ଏବଂ କଂଗ୍ରେସ ପ୍ରାର୍ଥୀ ମମତା କୁଣ୍ଡୁ ଜଣେ ଦକ୍ଷ ନାରୀ ନେତ୍ରୀ, ତେଣୁ ତାଙ୍କୁ ବିପୁଳ ଭୋଟ ଦେଇ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। ରାଜ୍ୟ ବିଧାନ ସଭା ଶ୍ରୀ ତାରା ବାହିନୀ ପତି, ବିଧାୟକ, ଶ୍ରୀ ସପ୍ତଗିରି ଉଲ୍ଲାକା, କୋରାପୁଟ ସାଂସଦ, ଶ୍ରୀଯୁକ୍ତ ପ୍ରଦୀପ ମାଝୀ, ପ୍ରାକ୍ତନ ସାଂସଦ ତଥା ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର କାର୍ଯ୍ୟକାରୀ ସଭାପତି ଓ ସୁଦର୍ଶନ ଦାସ ପ୍ରମୁଖ ଏହି ସଭାରେ ଉଦ୍‌ବୋଦନ ଦେଇ କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁଙ୍କୁ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁ ଏହି ସଭାରେ ଉଦ୍‌ବୋଧନ ଦେଇ ବାଲେଶ୍ୱର ସହରର ସମସ୍ତ କାର୍ଯ୍ୟ କରିବା ସଂଗେ ସଂଗେ ବି.ଜେ.ଡ଼ି ଓ ବି.ଜେ.ପି ସରକାର ବାଲେଶ୍ୱର ଅଧିବାସୀଙ୍କ ଆଶା ଆକାକ୍ଷା ପୂର୍ଣ୍ଣ କରିବା ପାଇଁ ସଂପୂର୍ଣ୍ଣ ବିଫଳ ହୋଇଥିବାରୁ ୩ ବର୍ଷ ତାଙ୍କୁ ସୁଯୋଗ ଦେବା ପାଇଁ ବିନମ୍ର ନିବେଦନ କରିଥିଲେ। ଡକ୍ଟର ଖୁଂଟିଆ, ପୂର୍ବତନ ସାଂସଦ ଏହି ସଭାରେ ପୌରାହିତ କରି ବାଲେଶ୍ୱର ଜିଲ୍ଲା ସଦର ମହକୁମା ମେଡ଼ିକାଲ କଲେଜ ଏବଂ ଇକ୍ଷକ୍ଷଗଝ ର ପ୍ରସ୍ତାବ କଂଗ୍ରେସ ସରକାର ସମୟରେ ଗୋଲାବ ନବୀ ଆଜାଦ ଘୋଷଣା କରିଥିଲେ ଏବଂ ଡକ୍ଟର ଖୁଂଟିଆ ନିଜେ ଇଓଗଝ ର ସଦସ୍ୟ ଥିଲେ। ଯାହା ଏପର୍ଯ୍ୟନ୍ତ କାର୍ଯ୍ୟକାରୀ ହୋଇନଥିବା କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଫଳତାର ଜ୍ୱଳନ୍ତ ନିଦର୍ଶନ। ଏହି ସଭାରେ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ସାଧାରଣ ସଂପାଦକ କିଶୋର ଜେନା, ଉପସଭାପତି ମଦନ ମୋହନ ଧଳ, ବିଦ୍ୟାଧର ମହାନ୍ତି, କୋଷାଧ୍ୟକ୍ଷ ଧରଣୀ ଧର ସ୍ୱାଇଁ, ଯୁଗ୍ମ ସଂପାଦକ ଅକ୍ଷୟ ତ୍ରିପାଠୀ, ପ୍ରଣତୀ ମିଶ୍ର, ସୁରେଶ ବେହେରା, ବାସନ୍ତୀ ସାମଲ, ବିକାଶ ଦାସ, ରଘୁନାଥ ମାଝୀ, ପରାମାନନ୍ଦ ସେଠୀ, ବିଷ୍ଣୁ ରଥ, ବିଜୟ ଦ୍ୱିବେଦୀ, ବିଜୟ ବୋଇତଇ, ଚନ୍ଦ୍ରକାନ୍ତ ଖଣ୍ଡେଇ ଓ ରମାକାନ୍ତ ଗାହାଣ ପ୍ରମୁଖ ଯୋଗଦେଇଥିଲେ।

# ବଧୂ ହତ୍ୟା ଅଭିଯୁକ୍ତଙ୍କୁ ଧରୁନି ପୁଲିସ, ଏସପିଙ୍କୁ ଭେଟିଲେ ପରିବାର ଲୋକେ

କୋରେଇ, (ପିଏନ)-ଯାଜପୁର ଥାନା ଅନ୍ତର୍ଗତ ଧନିପୁର ଗ୍ରାମର ସରସ୍ୱତୀ ପାଣି ନାମକ ମହିଳାଙ୍କୁ ତାଙ୍କ ଶାଶୁଘର ପରିବାର ପକ୍ଷରୁ ଯୌତୁକ ଦାବିରେ କିରୋସିନି ଢାଳି ନିଆଁ ଲଗାଇଦେଇଥିଲେ। ଗତ ଅଗଷ୍ଟ ୨୮ ତାରିଖ ଏଭଳି କାଣ୍ଡ ଘଟିବା ପରେ ସରସ୍ୱତୀଙ୍କୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା। ଏନେଇ ଅଭିଯୋଗ ପରେ ପୁଲିସ ମାମଲା ରୁଜୁ କରି ସରସ୍ୱତୀର ସ୍ୱାମୀ ମାର୍କଣ୍ଡପୁର ଗ୍ରାମର ନରେନ୍ଦ୍ର ପାଣିଙ୍କ ପୁଅ ରବିନ୍ଦ୍ରକୁ ଗିରଫ କରିଥିଲା। ମାତ୍ର ଅନ୍ୟ ଅଭିଯୁକ୍ତ ଶାଶୁ ପ୍ରେମଲତା, ନଣନ୍ଦ ରୀନା ଓ ନଣନ୍ଦେଇ କାଦୁଆକୁ ପୁଲିସ ଗିରଫ କରିନାହିଁ। ପରବର୍ତି ଅବସ୍ଥାରେ ଗତ ସେପ୍ଟେମ୍ବର ୪ ତାରିଖ ଚିକିତ୍ସିତ ଅବସ୍ଥାରେ ସରସ୍ୱତୀର ମୃତ୍ୟୁ ହୋଇଥିଲା। ମୃତ୍ୟୁ ପୂର୍ବରୁ ୪ଜଣ ମିଶି କିରୋସିନି ଢାଳି ନିଆଁ ଲଗାଇଥିବାର ବୟାନ ସରସ୍ୱତୀ ଦେଇଥିଲା। ହେଲେ ମୃତ୍ୟୁର ଅବଧି ୧୨ ଦିନ ବିତିଯାଇଥିଲେ ମଧ ଏହି ହତ୍ୟାକାଣ୍ଡରେ ସମ୍ପୃକ୍ତ ଅଭିଯୁକ୍ତ ମାନଙ୍କୁ ପୁଲିସ ଗିରଫ କରୁନାହିଁ। କେବଳ ମାମଲା ରୁଜୁ କରି ଜଣଙ୍କୁ ଗିରଫ କରିଥିବା ବେଳେ ଅନ୍ୟ ଅଭିଯୁକ୍ତ ମାନେ ଖୁଲମଖୁଲା ବୁଲୁଛନ୍ତି। ମୃତ ସରସ୍ୱତୀକୁ ନ୍ୟାୟ ଦେବା ପାଇଁ ପରିବାର ପକ୍ଷରୁ ଏସପିଙ୍କୁ ଗୁହାରୀ କରାଯାଇଛି।

## ଆଶାସାଥି ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର

କେନ୍ଦ୍ରାପଡା,(ପିଏନ)-ଭାରତୀୟ ମଜଦୁର ସଂଘ ସଂଲଗ୍ନ ରାଜ୍ୟ ଆଶାସାଥି ସଂଘ କେନ୍ଦ୍ରାପଡା ଜିଲ୍ଲା ଶାଖା ପକ୍ଷରୁ ୮ଦଫା ଦାବି ପୂରଣ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ପ୍ରଦାନ କରାଯାଇଛି। ଭାରତୀୟ ମଜଦୁର ସଂଘର ଜିଲ୍ଲା ସଭାପତି ପ୍ରଭାତ ପାଣି, ସଂପାଦକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅରୁଣ କୁମାର ସିଂହଙ୍କ ସମେତ ଆଶାସାଥି ସଭାପତି ମଞ୍ଜୁଲତା ସାମଲ, ସଂପାଦିକା ରାଜଲକ୍ଷ୍ମୀ ସୁତାର, ମଧୁସ୍ମିତା ଓଝା, ସୁଜାତା ରାଉତ ଓ ମନୋରମା ମହାପାତ୍ର ପ୍ରମୁଖ ଜିଲ୍ଲାପାଳ ସମର୍ଥ ବର୍ମାଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି।

ଦାବି ଗୁଡିକ ମଧ୍ୟରୁ ଆଶାସାଥି ମାନଙ୍କୁ ସରକାରୀ ମାନ୍ୟତା ପ୍ରଦାନ, କେନ୍ଦ୍ର ସରକାରଙ୍କ ଘୋଷଣା ଅନୁଯାୟୀ ମାସିକ ୬ ହଜାର ଟଙ୍କା ପ୍ରଦାନ, ସାଥି ମାନଙ୍କ ପାଇଁ ଡ୍ରେସ୍ କୋଡ ଲାଗୁ କରିବା, ଦକ୍ଷତା ବୃଦ୍ଧି ପାଇଁ ତାଲିମ ଦେବା, ଆଶାସାଥି ମାନଙ୍କୁ ବୀମା ଭୁକ୍ତ କରି ମୃତ୍ୟୁକାଳୀନ ସହାୟତା ପ୍ରଦାନ କରିବା, ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତି ଯୋଜନା ଓ ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା ଲାଗୁ କରିବା, ଆୟୁଷ୍ମାନ ଭାରତ ଚିକିତ୍ସା ବୀମାରେ ଆଶାସାଥିଙ୍କୁ ଅର୍ନ୍ତଭୁକ୍ତ କରିବା ଓ କୋଭିଡ-୧୯ ଯୋଦ୍ଧା ଭାବେ ଏମାନଙ୍କୁ ପ୍ରୋତ୍ସାହନ ରାଶି ଓ ସୁରକ୍ଷା ପ୍ରଦାନ କରିବା ଆଦି ପ୍ରମୁଖ ଦାବି ରହିଛି।

# ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା। ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ। ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି। ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷିରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି। ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି। ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ।

ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନିସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି। ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି।

# ବାଙ୍ଗିରିପୋଷିରେ ଅଟୋକୁ ଟ୍ରକ ପଛରୁ ଧକ୍କା ଦେଲା, ୨ ମୃତ, ୧୦ ଗୁରୁତର

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ୪୯ ନମ୍ବର ଜାତୀୟ ରାଜପଥର ବାଙ୍ଗିରିପୋଷି ଦ୍ୱାରଶୁଣି ଘାଟିରେ ଆଜି ପୂର୍ବାହ୍ନରେ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଏକ ଅଟୋକୁ ପଛ ପଟୁ ଧକ୍କା ଦେଇ ଟ୍ରକ୍ ଓଲଟିବାରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଛି। ମୃତକଙ୍କ ମଧ୍ୟରେ ଜଣେ ସ୍କୁଲ ଛାତ୍ର ଓ ଅନ୍ୟ ଜଣେ ଅଭିଭାବକ ଥିବା ସୂଚନା ମିଳିଛି। ସୂଚନାଯୋଗ୍ୟ, ଆଜି ସକାଳେ ମଧ୍ୟାହ୍ନ ଭୋଜନ ଚାଉଳ ଆଣିବାକୁ ବିଶୋଇ ବ୍ଲକର ଦୋପଟ୍ଟା ଗାଁରୁ ଶୁଳିଆପଦା ଅଭିମୁଖେ ଏକ ଅଟୋରେ ୧୨ ଜଣ ଯାତ୍ରୀ ଯାଉଥିଲେ। ସେମାନଙ୍କ ମଧ୍ୟରେ ୪ ଜଣ ମହିଳା, ୪ ଜଣ ପୁରୁଷ ଓ ୪ ଜଣ ୧୦ରୁ ୧୨ ବର୍ଷ ମଧ୍ୟରେ ପିଲା ଥିଲେ। ସେମାନେ ନିଜ ଗାଁରୁ ପ୍ରାୟ ୨୦ କିଲୋମିଟର ଆସିବା ପରେ ବାଙ୍ଗିରିପୋଷି ଘାଟିରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ। ଅଟୋଟି ବାଙ୍ଗିରିପୋଷି ଘାଟିରେ ଓହ୍ଲାଉଥିବା ବେଳେ ଦ୍ରୁତ ଗତିରେ ଆସୁଥିବା ଏକ ଟ୍ରକ୍ ଅଟୋକୁ ପଛ ପଟୁ ପିଟି କିଛି ଦୂରକୁ ଘୋଷାରି ନେଇଥିଲା। ଏହାପରେ ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଓଲଟି ପଡ଼ିଥିବା ବେଳେ ଅଟୋରେ ଥିବା ଯାତ୍ରୀଙ୍କ ମଧ୍ୟରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଥିଲା। ମୃତକଙ୍କ ମଧ୍ୟରେ ଜଣେ ପିଲା ଓ ଜଣେ ପୁରୁଷ ଅଛନ୍ତି। ଖବର ପାଇ ବାଙ୍ଗିରିପୋଷି ପୁଲିସ୍ ଓ ଅଗ୍ନିଶମ ବାହିନୀ କର୍ମଚାରୀ ଘଟଣାସ୍ଥଳରେ ପହଂଚି ତୁରନ୍ତ ଅନ୍ୟ ଆହତମାନଙ୍କୁ ବାଙ୍ଗିରିପୋଷି ମେଡିକାଲରେ ଭର୍ତି କରିଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ସେମାନଙ୍କୁ ବାରିପଦା ପିଆରଏମ ମେଡିକାଲକୁ ପଠାଇ ଦେଇଛି। ଦୁର୍ଘଟଣା ଘଟାଇ ଟ୍ରକ୍ ଡ୍ରାଇଭର ଓ ହେଲପର ଟ୍ରକ ଛାଡି ଫେରାର ହୋଇଯାଇଥିବା ଜଣାଯାଇଛି।

# ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି। କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି। ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ- ୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି। ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି। କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ବେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି। ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି।

# କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୂତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି। ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ। ଏହି ଅବସରରେ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣୀ ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ। ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୁର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି।

## ସ୍କର୍ପିଓ ଧକ୍କାରେ ଦୁଇ ସ୍କୁଟି ଆରୋହୀ ଆହତ

କୋରେଇ,(ପିଏନ)- ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ତୁଳସୀ ପେଟ୍ରୋଲ ପମ୍ପ ନିକଟରେ ଭୁବନେଶ୍ୱରରୁ ନିଜଗ୍ରାମ କେଉଁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ବାଇଁଶିରା ଗ୍ରାମକୁ ଏକ ସ୍କୁଟି(ଓଡ଼ି୩୩କେ୨୭୭୭)ରେ ଯାଉଥିବା ଦାମୁ ଚମ୍ପିଆଙ୍କ ଦୁଇ ପୁଅ କେଦାର ଓ କୀର୍ତନଙ୍କୁ ଏକ ଦ୍ରୁତଗାମୀ ସ୍କର୍ପିଓ ସାଇଡ଼ ମାରିଦେବାରୁ ଦୁଇ ଭାଇ ରାସ୍ତା ଡ଼ିଭାଇଡ଼ର ଉପରେ ପଡ଼ି ଆହତ ହୋଇଥିଲେ।

# ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି। ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି। ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ। ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି। ଏହାକୁ ତୁରନ୍ତ ପ୍ରତ୍ୟାହର କରିବା ପୂର୍ବରୁ ଥିବା ଗାଁ ସାଥି ମାନଙ୍କୁ ତାଲିମ୍ ପ୍ରଦାନ କରି ଖାଲିଥିବା ସରକାରୀ ଚାକିରୀରେ ନିଯୁକ୍ତି ଥିବା, ପ୍ରତ୍ୟେକ ଗ୍ରାମରେ ପ୍ରବାସୀ ଶ୍ରମିକ ଓ ବେକାର ଯୁବକ ଯୁବତୀଙ୍କୁ ୨୦୦ ଦିନର କାମ ଯୋଗାଇ ଦେବା ପ୍ରଭୃତି ୫ ଦଫା ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ପ୍ରଦାନ କରାଯାଇଛି। ସଂଘର ଉପଦେଷ୍ଟା ଆଇନଜୀବି ରମଣୀ ରଞ୍ଜନ ରାଉତରାୟ, ସଭାପତି ପ୍ରମିଳା ସାମଲ, କ୍ଷିରୋଦ କୁମାର ଖଟୁଆ, ନିତ୍ୟ ସୁନ୍ଦର ଜେନା, ଉପେନ୍ଦ୍ର ସାହୁ, ମୁକୁନ୍ଦ ମହାପାତ୍ର, ରବିନ୍ଦ୍ର ରାଉତ ପ୍ରମୁଖ ଦାବିପତ୍ର ପ୍ରଦାନ ବେଳେ ଉପସ୍ଥିତ ଥିଲେ।

# ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ "ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା"ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ। ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକ ତତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି। ଯାହ ପାଇଁ ଆମକୁ ସାବଧାନତା ଅବଲମ୍ବନ କରି ପୋଷକ ତତ୍ୱର ଖାଦ୍ୟ ପଦାର୍ଥ ଖାଇବା ଆବଶ୍ୟକତା ରହିଛି ବୋଲି ଅନ୍ତରଙ୍ଗ ଯୁବ ମାହାସଂଘର ସମ୍ପାଦକ ହୃଷିକେଶ ପ୍ରଧାନ ବୁଝେଇଥିଲେ। ମହାମାରୀ ପାଇଁ ସ୍କୁଲ କଲେଜ ଗୁଡିକ ବନ୍ଦ ରହିଥିବା ଫଳରେ ଛାତ୍ରଛାତ୍ରୀ ମାନଙ୍କ ପାଠପଢ଼ାରେ ବ୍ୟାଘାତ ଶୃଷ୍ଟି ହେଉଛି। ଏହାର ସମାଧାନ ଆମ ନିଜ ପାଖରେ ଅଛି। ଯାହାକି ନିଜେ ପାଠ ପଢ଼ିବା ଅଭ୍ୟାସ ରଖିବାକୁ ପଡିବ ଓ ଆଗାମୀ ଦିନରେ ମଧ ପଢ଼ିବା ପାଇଁ ଅନ୍ୟ ଭାଇଭଉଣୀଙ୍କୁ ମଧ ପ୍ରବର୍ତାଇବା ଉଚିତ ବୋଲି ବାଲ୍ୟ ବିବାହ ପ୍ରତିରୋଧ ମଂଚର ସମ୍ପାଦିକା ବିଷ୍ଣୁ ପ୍ରିୟା ପ୍ରଧାନ କହିଛନ୍ତ।

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Wednesday May 01, 2024 | ଭୁବନେଶ୍ୱର ବୁଧବାର, ମଇ ୦୧,୨୦୨୪ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com



## ବଣମାଳୀ ସାହିତ୍ୟ ଓ ସେବା ସଙ୍ଗଠନ ପକ୍ଷରୁ ପୂଜ୍ୟ ମଧୁ ବାବୁଙ୍କ ଜୟନ୍ତୀ ପାଳନ



ଜେନାପୁର,(ପି.ଏନ୍): ଧର୍ମଶାଳା ବ୍ଲକ୍ ଅନ୍ତର୍ଗତ ବୃନ୍ଦାଦେଇପୁର ପଞ୍ଚାୟତ ଅଧିନ ବୃନ୍ଦାଦେଇପୁର ଶାସନ ସ୍ଥିତ ଗଡଜାତ ସ୍ମାରକୀ ପୀଠ ଠାରେ ଓଡ଼ିଆ ଜାତିର ଗୌରବ ପୂଜ୍ୟ ମଧୁସୂଦନ ଦାସଙ୍କର ପବିତ୍ର ଜୟନ୍ତୀ ପାଳନ କରାଯିବା ସହ ଏକ ବକ୍ତୃତା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ପ୍ରଥମ ପର୍ଯ୍ୟାୟରେ ଅନୁଷ୍ଠାନର ଉପସଭାପତି ନିର୍ମାଲ୍ୟ କୁମାର ପ୍ରଧାନଙ୍କ ନେତୃତ୍ୱରେ ଏକ ସଭା ଆୟୋଜିତ ହେବା ସହ ମଧୁ ବାବୁଙ୍କ ଫଟୋରେ ପୁଷ୍ପ ମାଲ୍ୟ ଅର୍ପଣ କରାଯାଇଥିଲା। ଏହା ପରେ ବିଭିନ୍ନ ବିଦ୍ୟାଳୟରୁ ଆସିଥିବା ଛାତ୍ର ଛାତ୍ରୀଙ୍କୁ ନେଇ ଏକ ବକ୍ତୃତା ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ସମ୍ପୂର୍ଣ୍ଣ କାର୍ଯ୍ୟକ୍ରମରେ ପଦ୍ମନାଭ ଶତପଥି, ସରୋଜ କାନ୍ତ ବେହେରା, ମାନସ ପ୍ରଧାନ, ଲାଲ ମୋହନ ଶତପଥି, ଅନ୍ତର୍ଯ୍ୟାମୀ ବେହେରା, କୀର୍ତ୍ତନ ସାହୁ, ରଘୁନାଥ ଶତପଥି, ଦେବାଶିଷ ଦାସ, ମାୟାଧର ପଣ୍ଡା, କ୍ଷେତ୍ରବାସୀ ରାଉତ, ମହେଶ୍ୱର ଖଟୁଆ, ଭାଗିରଥୀ ସାହୁ, ଅଭିଷେକ ବରାଳ, ଗିରିବାଳା ଶତପଥି, ଲିଲିପ୍ସା ଦାସ, ଇପ୍ସିତା ପଣ୍ଡା,ଧ୍ରୁବାନନ୍ଦ ଖଟୁଆ ପ୍ରମୁଖ ଉପସ୍ଥିତ ରହି ଭାଗ ନେଇଥିଲେ। ଅନୁଷ୍ଠାନର କାର୍ଯ୍ୟକାରୀ ସମ୍ପାଦକ ସରୋଜକାନ୍ତ ବେହେରା ଧନ୍ୟବାଦ ଅର୍ପଣ କରିଥଲେ।

## ୩୬ ନମ୍ବର ୱାର୍ଡରେ ଘରେ ଘରେ ଶଙ୍ଖ ପରିବାର ସମ୍ପର୍କ ଅଭିଯାନ



ଭୁବନେଶ୍ୱର,(ପି.ଏନ) : ଆଜି ମଧ ଭୁବନେଶ୍ୱର ଅନ୍ତର୍ଗତ ବିଏମ୍‌ସି ୩୬ ନମ୍ବର ୱାର୍ଡରେ ବିଜୁ ଜନତା ଦଳର ଶହ ଶହ ସଂଖ୍ୟାରେ ମହିଳା, ଯୁବ, ଛାତ୍ର କର୍ମୀ ଓ ନେତାମାନେ ଘରେ ଘରେ ଶଙ୍ଖ ଓ ପରବାର ସମ୍ପର୍କ ଅଭିଯାନ ଆରମ୍ଭ କରିଥିଲେ । ୩୬ନମ୍ବର ୱାର୍ଡର କର୍ପୋରେଟର ଶ୍ରୀମତୀ ଅଲିଅଳି ମଲ୍ଲିକଙ୍କ ନେତୃତ୍ୱରେ ଅନୁଷ୍ଠିତ ଏହି ପରିବାର ସମ୍ପର୍କ ଅଭିଯାନରେ ମାନ୍ୟବର ଭୁବନେଶ୍ୱର ମଧ ବିଧାୟକ ଅନନ୍ତ ନାରାୟଣ ଜେନା ଓ ବିଜେଡିର ଅନ୍ୟାନ୍ୟ ନେତୃବୃନ୍ଦ ସାମିଲ୍ ହୋଇ ଲୋକମାନଙ୍କୁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କର ଦୂରଦୃଷ୍ଟି ଯୋଗୁଁ ଆଜି ଓଡ଼ିଶାର ବିକାଶ ଦ୍ରୁତ ଗତିରେ ଆଗେଇଚାଲିଛି ଓ ଆଗାମୀ ଦିନରେ ମଧ ଲୋକମାନଙ୍କର ଯେଉଁସବୁ ସମସ୍ୟା ଅଛି, ସେଗୁଡ଼ିକ ମଧ ଖୁବ୍‌ଶୀଘ୍ର ସମାଧାନ କରିବାକୁ ପ୍ରତିଶ୍ରୁତି ଦେଇଥିଲେ । ବିନା ସୁଧରେ ମହିଳାମାନଙ୍କୁ ଲକ୍ଷଲକ୍ଷ ଋଣ ଯୋଗାଇ ସ୍ୱାବଲମ୍ବୀ କରିବା, ଛାତ୍ରମାନଙ୍କୁ ଛାତ୍ରବୃ ି ପ୍ରଦାନ କରିବା ଓ ଯୁବକମାନଙ୍କୁ ବିଭିନ୍ନ ଦକ୍ଷତା ବିକାଶମୂଳକ କାର୍ଯ୍ୟକ୍ରମରେ ସାମିଲ୍ କରି ଆତ୍ମନିଯୁକ୍ତି କରିବା କ୍ଷେତ୍ରରେ ମୁଖ୍ୟମନ୍ତ୍ରୀଙ୍କ ଅବଦାନ ସାରା ଭାରତରେ ଅତୁଳନୀୟ ଅଟେ । ମାନ୍ୟବର ମୁଖ୍ୟମନ୍ତ୍ରୀ ସାଢେ ଚାରି କୋଟି ଓଡ଼ିଆଙ୍କ ପରିବାରର ମୁରବୀ ଏବଂ ଆମେ ସମସ୍ତେ ମିଶି ତାଙ୍କୁ ଆଉଥରେ ଷଷ୍ଠଥର ପାଇଁ ଶାସନକୁ ଆଣିବା ମୁଖ୍ୟ ଉଦ୍ଦେଶ୍ୟ ଏବଂ ଏଥିପାଇଁ ଆଗାମୀ ସାଧାରଣ ନିର୍ବାଚନରେ ଆମ ବୁନୁ ଭାଇଙ୍କୁ ବିପୁଳ ସଂଖ୍ୟାରେ ଶଙ୍ଖ ଚିହ୍ନରେ ମୋହର ମାରି ଜୟଯୁକ୍ତ କରିବାକୁ କର୍ପୋରେଟ୍ ଅଲିଅଳି ମଲ୍ଲିକ ଅନୁରୋଧ କରିଛନ୍ତି । ଆଜିର ଏହି ପଦଯାତ୍ରା ୟୁନିଟ୍‌୪ସ୍ଥିତ ବିଧାୟକ କଲୋନୀ ଛକରୁ ଆରମ୍ଭ ହୋଇ ପୋଷ୍ଟାଲ୍ କଲୋନୀ, ପୁରୁଣା ଏ.ଜି. କଲୋନୀ, ମା ମଙ୍ଗଳା ବସ୍ତୀ, ୪ ନମ୍ବର ହାଟ, ମଧୁସୂଦନ ନଗର, ରାମପୁର ବସ୍ତି ଇତ୍ୟାଦି ପରିକ୍ରମା କରି ପ୍ରତି ପରିବାରର ଲୋକଙ୍କ ସାଙ୍ଗରେ ମିଶି ଏବଂ ପ୍ରତି ଘରେ ଉଭୟ ବିଧାୟକ ଏବଂ ସାଂସଦ ପ୍ରାର୍ଥୀ ଥିବା ବିଜେଡି ଷ୍ଟିକର ଓ ବିଜେଡି ପୋଷ୍ଟର ମାରି ଶଙ୍ଖ ଚିହ୍ନରେ ଭୋଟଦେବାକୁ ନେତାମାନେ ଆହ୍ୱାନ କରିଥିଲେ । ବିଶେଷକରି ୪ନମ୍ବର ହାଟରେ ଥିବା ବ୍ୟବସାୟୀମାନଙ୍କୁ ଉଦ୍‌ବୋଧନ ଦେଇ ଆଗାମୀ ଦିନରେ ଅଧିକ ମାତ୍ରାରେ ଭେଣ୍ଡିଂଜୋନ୍‌ର ସୁବିଧା କରିବା ଓ ଉଠଦୋକାନୀମାନଙ୍କ ସମସ୍ୟା ଦୂର କରିବା ପାଇଁ ବିଧାୟକ ଶ୍ରୀ ଅନନ୍ତ ନାରାୟଣ ଜେନା ସମସ୍ତଙ୍କୁ ଦୃଢ ପ୍ରତିଶ୍ରୁତି ଦେଇଥିଲେ ।

## ରାଧାକୃଷ୍ଣ ମନ୍ଦିରର ବାର୍ଷିକ ଉତ୍ସବ

ଭୁବନେଶ୍ୱର, (ପି.ଏନ): କିଶନ ନଗର ଖେଡାଳୋ ଗ୍ରାମରେ ସ୍ୱର୍ଗତ ନାରାୟଣ ବିଶ୍ୱାଳ ଓ ସଖି ବିଶ୍ୱାଳଙ୍କ ସ୍ମୃତି ଉଦ୍ଦେଶ୍ୟରେ ଖେଡାଳୋଠାରେ ସର୍ବସାଧାରଣଙ୍କ ନିମନ୍ତେ ପାଠାଗାର, ସ୍ୱଚ୍ଛ ପାନୀୟ ଜଳ ବ୍ୟବସ୍ଥା, ବ୍ୟାଙ୍କ, ଡାକଘର ଓ ମନ୍ଦିର ଆଦି ସ୍ଥାପନ କରାଯାଇଅଛି । ଆଜି ଏହି ଗ୍ରାମର ପ୍ରତିଷ୍ଠିତ ରାଧାକୃଷ୍ଣ ମନ୍ଦିରର ବାର୍ଷିକ ଉତ୍ସବ ଓ ସ୍ମୃତି ଟ୍ରଷ୍ଟ ପକ୍ଷରୁ ସ୍ୱର୍ଗତ ନାରାୟଣ ବିଶ୍ୱାଳଙ୍କ ୧୧ତମ ଶ୍ରାଦ୍ଧ ବାର୍ଷିକୀ ତଥା ଧର୍ମପତ୍ନୀ ସ୍ୱର୍ଗତ ସଖି ବିଶ୍ୱାଳଙ୍କ ଦ୍ୱିତୀୟ ଶ୍ରାଦ୍ଧ ବାର୍ଷିକୀ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ନାରାୟଣ ବିଶ୍ୱାଳ ସ୍ମୃତିରେ ଜନମଙ୍ଗଳ କାର୍ଯ୍ୟକ୍ରମ ପାଇଁ ଅତିଥିମାନେ ପ୍ରଶଂସା କରିଥିଲେ । ଉତ୍ସବରେ ବରିଷ୍ଠ ସାମ୍ବାଦିକ ପ୍ରଦୋଷ ପଟ୍ଟନାୟକ, ଦିଲ୍ଲୀପ ହାଲି, ବିଶିଷ୍ଟ ଶିକ୍ଷାବିତ୍ ଡ. ସୌରେନ୍ ମହାପାତ୍ର, ପ୍ରଯୋଜକ ଲିଟୁ ମହାନ୍ତି, ଶ୍ରୀଧର ମାର୍ଥା ପ୍ରମୁଖ ଯୋଗଦେଇ ନାରାୟଣ ବିଶ୍ୱାଳ ଓ ସଖି ବିଶ୍ୱାଳଙ୍କ ପ୍ରତିମୂ ି ଉପରେ ପୁଷ୍ପଗୁଚ୍ଛ ଦେଇ ସ୍ମୃତିଚାରଣ କରିଥିଲେ । ଉତ୍ସବରେ ଭଜନ ପରିବେଷଣ କରାଯାଇଥିଲା । ଏହି କାର୍ଯ୍ୟକ୍ରମକୁ ରବିନ୍ଦ୍ର ବିଶ୍ୱାଳ ପରିଚାଳନା କରିଥିଲେ ।

## ଏଚ୍‌ଡିଏଫସି ବ୍ୟାଙ୍କ ପକ୍ଷରୁ ଡିଜିଟାଲ ବ୍ୟାଙ୍କିଙ୍ଗ ସଚେତନତା

ଭୁବନେଶ୍ୱର,(ପି.ଏନ): ପ୍ରମୁଖ ଘରୋଇ କ୍ଷେତ୍ର ବ୍ୟାଙ୍କ ଏଚ୍‌ଡିଏଫସି ବ୍ୟାଙ୍କ ପକ୍ଷରୁ ଡିଜିଟାଲ ବ୍ୟାଙ୍କିଙ୍ଗ ସଚେତନତା କାର୍ଯ୍ୟକ୍ରମ ହାତକୁ ନିଆଯାଇଛି। ବ୍ୟାଙ୍କ କାରବାରକୁ ସୁରକ୍ଷିତ କରିବା ଦିଗରେ ସାରା ଦେଶରେ ୧୬୬୦୦ କର୍ମଶାଳା ଆୟୋଜନ କରାଯାଇଛି। ଏହା ଦ୍ୱାରା ୨ ଲକ୍ଷରୁ ଉର୍ଦ୍ଧ୍ୱ ବ୍ୟକ୍ତିବିଶେଷଙ୍କୁ ସୁରକ୍ଷିତ ଡିଜିଟାଲ ବ୍ୟାଙ୍କିଙ୍ଗ ପ୍ରାକ୍ଟିସ ସମ୍ପର୍କରେ ସଚେତନ କରାଯାଇଛି। ଏହି କର୍ମଶାଳାରେ ସ୍କୁଲ କଲେଜ ଛାତ୍ରଛାତ୍ରୀ, ଆଇନ ଅନୁପାଳନକାରୀ ଏଜେନ୍ସି, ବରିଷ୍ଠ ନାଗରିକ, ସ୍ୱୟଂ ସହାୟକ ଗୋଷ୍ଠି, ଗ୍ରାହକ ଏବଂ କର୍ମଚାରୀ ଅଂଶ ଗ୍ରହଣ କରି ଥିଲେ। ସାଇବର ଠକେଇରୁ ବର୍ତ୍ତିବା ନେଇ ବିଭିର୍ଣ୍ଣ କୌଶଳ ଏହି ଅବସରରେ ଶିଖାଯାଇଥିଲା। କାର୍ଯ୍ୟକ୍ରମକୁ ଜୋରଦାର ସମର୍ଥନ ମିଳିଥିଲା। ଷ୍ଟୋରୀ , ଭିଡିଓ ଏବଂ ଜୀବନର ପ୍ରକୃତ ଉଦାହରଣ ଦେଇ ଲୋକଙ୍କୁ କୌଶଳ ଶିଖାଯାଇଥିଲା। ନିରାପଦ ବ୍ୟାଙ୍କିଙ୍ଗ ପଦକ୍ଷେପ ଅନ୍ତର୍ଗତ ଏଭଳି ଏକ କାର୍ଯ୍ୟକ୍ରମ ଗ୍ରହଣ କରାଯାଇଛି। ଏହି ଅବସରରେ ଏଚ୍‌ଡିଏଫସି ବ୍ୟାଙ୍କର କାର୍ଯ୍ୟନିର୍ବାହୀ ଉପସଭାପତି ମନିସ ଅଗ୍ରୱାଲ କହିଛନ୍ତି, ସାଇବର ଠକେଇ ବିରୋଧରେ ଲୋକଙ୍କ ମଧ୍ୟରେ ସଚେତନତା ସୃଷ୍ଟି ଦିଗରେ ଏଭଳି ଏକ କାର୍ଯ୍ୟକ୍ରମ ହାତକୁ ନିଆଯାଇଛି।

## ଦବିଲା କାକଟପୁର ଚ଼ନ୍ଦନ ବଜାର ପୋଲ,ମରାମତି ଦାବୀ



କାକଟପୁର,(ପି.ଏନ), କାକଟପୁର ମୁଖ୍ୟ ରାସ୍ତା ଚ଼ନ୍ଦନ ବଜାର କୁ ସଂଯୋଗ କରୁଥିବା ପୂର୍ତ୍ତ ବିଭାଗ ସେତୁଟି ଉତ୍ତର ପାର୍ଶ୍ୱ ରେ ଜମୁଥିବା ବର୍ଷା ଜଳ ପ୍ରାଚ଼ୀ ନଦୀକୁ ନିଷ୍କାସନ ପାଇଁ ତିଆରି ହୋଇଥିବା ବେଳେ ଏବେ ତାହା ଅସୁରକ୍ଷିତ ହୋଇପଡିଛି କ୍ଷ ଅସ୍ତରଙ୍ଗ ଓ କାକଟପୁରରୁ ପ୍ରତିଦିନ ଶହ ଶହ ଗାଡି ମଟର ସାଙ୍ଗକୁ ଭାରିଯାନ ଯିବାଆସିବା କରୁଥିବାବେଳେ ଏବେ ବ୍ରିଜର ଧାର ଫାଟି ଆଁ ମେଲା କରିବା ସହିତ ରାସ୍ତା ଦବି ଯିବା ଫଳରେ ଏକ ବଡ ଧରଣର ଦୁର୍ଘଟଣା ହେବାର ଆଶଙ୍କା ଦେଖା ଦେଇଛି କ୍ଷ ଏ ସଂକ୍ରାନ୍ତରେ ବିଭାଗୀୟ କନିଷ୍ଠ ଯନ୍ତ୍ରୀ ରବୀନ୍ଦ୍ର କୁମାର ଦଣ୍ଡପତି ଙ୍କୁ ଯୋଗାଯୋଗ କରାଯାଇଥିଲେ ମଧ ସେ ବେପରୁଆ ଭାବେ ମିଟିଙ୍ଗ ରେ ଅଛି ପରେ କଥା ହେବି କହି ଫୋନ କାଟି ଦେଇଥିଲେ କ୍ଷ ତୁରନ୍ତ ଏ ଦିଗରେ ପୁରୀଜିଲ୍ଲାପାଳ, ପୂର୍ତ୍ତ ବିଭାଗ ସର୍ବୋ ଯନ୍ତ୍ରୀ ଦୃଷ୍ଟି ଦେଇ ସମାଧାନ କରିବାକୁ ଗଣେଷ ବଜାର ବ୍ୟବସାୟୀ ସଂଘ ସଭାପତି କମଳ ଲୋଚ଼ନ ଦୀକ୍ଷିତ, ପୁରୀଜିଲ୍ଲା କଂଗ୍ରେସ କମିଟି ସାଧାରଣ ସମ୍ପାଦକ ସୌମ୍ୟକାନ୍ତ ଖୁଣ୍ଟିଆ ଦୃଢ଼ ଦାବୀ ହୋଇଛି

## ବିକଟାଳ ବାଇକି ଶବ୍ଦ ରେ ଥରୁଛି କାକଟପୁର ବଜାର

କାକଟପୁର,(ପି.ଏନ (ପି.ଏନ), କାକଟପୁର ଅସ୍ତରଙ୍ଗ ମୁଖ୍ୟରାସ୍ତା ଏବେ ଅସୁରକ୍ଷିତ ହୋଇପଡିଛି । ଦାମୀ ବାଇକ ର ବିକଟାଳ ଶବ୍ଦ ରେ ଫାଟି ପଡୁଛି କାକଟପୁର ବଜାର । ଡ୍ରାଇଭିଙ୍ଗ ଲାଇସେନ୍ସ ନଥିବା ବ୍ୟକ୍ତି ଓ ନାବାଳକ ଛାତ୍ର ମାନେ ବିକଟାଳ ଶବ୍ଦ କରିଥିବା ସାଇଲେନ୍ସର ଲଗାଇ କାକଟପୁର ମୁଖ୍ୟ ବଜାରରେ ବାରମ୍ବାର ଘୁରି ବୁଲୁଛନ୍ତି କ୍ଷ ଏ ସଂକ୍ରାନ୍ତରେ ବାରମ୍ବାର ଅଭିଯୋଗ ହୋଇଆସୁଥିଲେ ମଧ ଅମାନିଆ ବାଇକ ଚ଼ାଳକଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ନେଉନି କାକଟପୁର ପୋଲିସ । ୧୮ ବର୍ଷ ବୟସରୁ କମ ବୟସ ର ପିଲା ମାନେ ବିକଟାଳ ଶବ୍ଦ କରି ବଜାର ମଧ୍ୟରେ ବାରମ୍ବାର ଯା ଆସ କରୁଥିଲେ ମଧ କାକଟପୁର ଥାନା ପୋଲିସ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ନିଆନଯିବା ସାଧାରଣରେ ଅସନ୍ତୋଷ ଦେଖା ଦେଇଛି ।

## ଓଡ଼ିଶା ସାହିତ୍ୟ ଏକାଡେମୀ ସହ-ସଚିବଙ୍କ ଅବସରକାଳୀନ ସମ୍ବର୍ଦ୍ଧନା



ଭୁବନେଶ୍ୱର,(ପି.ଏନ): ଓଡ଼ିଶା ସାହିତ୍ୟ ଏକାଡେମୀର ସହ-ସଚିବ ପ୍ରଦୀପ କୁମାର ମିଶ୍ରୀ ଦୀର୍ଘ ଦିନ ଧରି ନିଷ୍ଠାପର ସହ କାର୍ଯ୍ୟକରି ସେ ଆଜି ତାଙ୍କ କାର୍ଯ୍ୟରୁ ଅବସର ଗ୍ରହଣ କରିଛନ୍ତି। ସେ ଜଣେ ସ୍ନେହୀ, ପରୋପକାରୀ ଓ ମିଷ୍ଟଭାଷୀ ବ୍ୟକ୍ତିଥିଲେ। ଓଡ଼ିଶା ସାହିତ୍ୟ ଏକାଡେମୀର କାର୍ଯ୍ୟକାରୀ ପରିଷଦ ସଦସ୍ୟ ଡକ୍ଟର ନୃସିଂହ ଷଡ଼ଙ୍ଗୀ ତାଙ୍କୁ ଶାଲ୍ ଓ ପୁଷ୍ପଗୁଚ୍ଛ ପ୍ରଦାନ କରି ସମ୍ବର୍ଦ୍ଧନା ଜଣାଇଛନ୍ତି। ଅବସର ପରେ ତାଙ୍କର ଅବଶିଷ୍ଟ ଜୀବନ କିପରି ଭଲରେ ଅତିବାହିତ ହେବ ସେ ପ୍ରଭୁ ଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା କରିଛନ୍ତି।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES for Std I to Std V Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli, Bhubaneswar, Phone: 0674-2558884,2550786

E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ

EDITOR : Dr. Pabitra Mohan Samantaray